୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.255 Bhubaneswar Friday November 22 2024 | ୨୬ତମ ବର୍ଷ | ସଂଖ୍ୟା–୨୫୫ ଭୁବନେଶ୍ୱର, ଶୁକ୍ରବାର, ନଭେମ୍ବର ୨୨, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹ 1.50 | (Air Surcharge - 0.50P) | Member-INS

## ହାଇକୋର୍ଟରେ ରାଜ୍ୟ ମହିଳା ଆୟୋଗ ବରଖାସ୍ତ ମାମଲା, ସତ୍ୟପାଠ ଦାଖଲ ପାଇଁ ନିର୍ଦ୍ଦେଶ, ୧୧ରେ ପରବର୍ତ୍ତୀ ଶୁଣାଣି



ଭୁବନେଶ୍ୱର,୨୧।୧୧(ପି.ଏନ): ଓଡିଶା ରାଜ୍ୟ ମହିଳା ଆୟୋଗ ଅଧକ୍ଷା ଓ ସଦସ୍ୟାଙ୍କୁ ରାଜ୍ୟ ସରକାର ବରଖାସ୍ତ କରିବା ମାମଲା ହାଇକୋର୍ଟରେ ପହଂଚିଛି । ରାଜ୍ୟ ମହିଳା ଆୟୋଗର ବରଖାସ୍ତ ହୋଇଥିବା ୩ ଜଣ ସଦସ୍ୟାଙ୍କ ପୃଥକ ପୃଥକ ଆବେଦନର ଆଜି ହାଇକୋର୍ଟ ଶୁଣାଣି କରି ୧୦ଦିନ ମଧ୍ୟରେ ସତ୍ୟପାଠ ମାଧ୍ୟମରେ ଜବାବ ଦାଖଲ ପାଇଁ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଏହାସହିତ ଡିସେମ୍ବର ୧୧ତାରିଖରେ ପରବର୍ତ୍ତୀ ଶୁଣାଣି ପାଇଁ ହାଇକୋର୍ଟ ଦିନଧାର୍ଯ୍ୟ କରିଛନ୍ତି ।ହାଇକୋର୍ଟ ବିଚାରପତି ଜଷ୍ଟିସ ସଞ୍ଜିବ କୁମାର ପାଣିଗ୍ରାହୀଙ୍କ ଖଣ୍ଡପୀଠ ଆଜି ରାଜ୍ୟ ମହିଳା ଆୟୋଗର ୩ଜଣ ବରଖାସ୍ତ ସଦସ୍ୟ ସ୍ୱର୍ଣ୍ଣଲତା ସାମଲ, ବବିତା ସ୍ୱାଇଁ ଓ ବିଜୟ ବରୁଆଙ୍କ ଦ୍ୱାରା ଦାଏର ପୃଥକ ପୃଥକ ଆବେଦନର ଏକାଠି ଶୁଣାଣି କରିଥିଲେ । ଏହି ୩ ସଦସ୍ୟାଙ୍କ ପକ୍ଷରୁ ବରିଷ୍ଠ ଓକିଲ ଅଶୋକ ପରିଜା ଯୁକ୍ତି ବା ?ିଥିବାବେଳେ ରାଜ୍ୟ ସରକାରଙ୍କ ପକ୍ଷରୁ ଆଡଭୋକେଟ୍ ଜେନେରାଲ ପିତାମ୍ବର ଆଚାର୍ଯ୍ୟ ଜବାବ ରଖିଥିଲେ । ରାଜ୍ୟ ମହିଳା ଆୟୋଗ ଆଇନ- ୧୯୯୩ର ଧାରା ୪(୩ ଘ,ଚ)ର ଯେଉଁ ପ୍ରାବଧାନ ଆଧାରରେ ସଦସ୍ୟା ଓ ଅଧକ୍ଷାଙ୍କୁ ବରଖାସ୍ତ କରାଯାଇଛି ତାକୁ ଆବେଦନକାରୀଙ୍କ ଓକିଲ ଶ୍ରୀ ପରିଜା ଚ୍ୟାଲେଞ୍ଜ କରିଥିଲେ । ସେମାନଙ୍କୁ ଖରାପ ପ୍ରଦର୍ଶନର ଆଳ ଦେଖାଇ ବରଖାସ୍ତ କରାଯିବା ସିଧାସଳଖ ଆଇନର ଉଲ୍ଲଙ୍ଘନ ବୋଲି କହିବା ସହ ରାଜ୍ୟ ସରକାରଙ୍କ କ୍ଷମତା ଉପରେ ପ୍ରଶ୍ନ ଉଠାଇଥିଲେ ।

### ବିଜେଡି ପୁଣି ସରକାରକୁ ଫେରିବା ଅବାସ୍ତବ କଥା: ବଦ୍ରିନାରାୟଣ ପାତ୍ର

ଭୁବନେଶ୍ୱର,୨୧।୧୧(ପି.ଏନ): ବିଜେଡି ୫ ବର୍ଷ ପୂର୍ବରୁ ପୁଣି କ୍ଷମତାକୁ ଫେରିବା ନେଇ ପୂର୍ବରୁ ଅନେକ ନେତାଙ୍କ ବୟାନ ସାମ୍ନାକୁ ଆସି ସାରିଛି । ଏମିତି ସ୍ଥିତିରେ ସେମାନଙ୍କୁ ଜବାବ ଦେଇଛନ୍ତି ବିଜେଡିର ବରିଷ୍ଠ ବିଧାୟକ ବଦ୍ରି ନାରାୟଣ ପାତ୍ର । ସେ କହିଛନ୍ତି ବିଜେଡି ପୁଣି ସରକାରକୁ ଫେରିବା ଅବାସ୍ତବ କଥା ।ଏପରି ଅବାସ୍ତବ କଥା କହିବାକୁ ସେମାନେ ସ୍ୱୀକୃତିପ୍ରାପ୍ତ କି ନାହିଁ ଜାଣିନି । ନବୀନ ବାବୁ ଏହା କହିବାକୁ କହିଛନ୍ତି କି ନାହିଁ ଜାଣିନି । ବିଜେପି ସହ ଆମେ ସମଦୂରତାରେ ଅଛୁ । କଂଗ୍ରେସ ସହ ଆମେ କେବେ ନ ଥିଲୁ । ଯେଉଁମାନେ ବିଜେଡି କଂଗ୍ରେସ ସହ ମିଶି ସରକାର ଗଢିବା କଥା କହୁଛନ୍ତି ସେମାନଙ୍କ ମତିଭ୍ରମ ହୋଇଛି । ଏପରି ମନ୍ତବ୍ୟ ଦେଇ ସେମାନେ ନିନ୍ଦିତ ହେଉଥିବା ସେ କହିଛନ୍ତି ।

### ଭିଜିଲାନ୍ସ ଜାଲରେ ସିଏସ୍ଓ

ସମ୍ବଲପୁର,୨୧।୧୧(ପି.ଏନ):: ଆୟବହିର୍ଭୁତ ସମ୍ପତ୍ତି ଅଭିଯୋଗରେ ନାଗରିକ ଯୋଗାଣ ଅଧିକାରୀ (ସିଏସ୍ଓ) ସୁରେଶ କୁମାର ପାଣିଗ୍ରାହୀଙ୍କୁ ଭିଜିଲାନ୍ସ ଗିରଫ କରିଛି । ସମ୍ପତ୍ତି ଉପରେ କରାଯାଇଥିବା ଅନୁସନ୍ଧାନକୁ ଭିତ୍ତି କରି ଭିଜିଲାନ୍ସ ତାଙ୍କୁ ଗିରଫ କରିଛି । ତାଙ୍କ ନାମରେ ୨ ଟି କୋଠା, ୪ ଏକର ଜମିରେ ନିର୍ମିତ ହୋଇଥିବା ଫାର୍ମ ହାଉସ୍ ?ରେ ୫୦୦ଟି ଟିକ୍ ଗଛ ରହିଛି । ଏହା ସହିତ ୧୯ଟି ଫ୍ଲାଟ୍ ମଧ୍ୟରୁ ୩ଟି ଭୁବନେଶ୍ୱରରେ ଏବଂ ୪ଟି ସମ୍ବଲପୁରରେ ରହିଛି । ଏହା ସହିତ ୪ଟି ଫ୍ଲାଟ୍ ବଲାଙ୍ଗୀରରେ ଏବଂ ୧୧ଟି ବରଗଡ ଜିଲ୍ଲାରେ ରହିଛି ।

### ଆସନ୍ତାକାଲି ଭାଙ୍ଗାଯିବନି ବୈକୁଣ୍ଠଧାମ ଆଶ୍ରମ

ଭୁବନେଶ୍ୱର,୨୧।୧୧(ପି.ଏନ): ଆସନ୍ତାକାଲି ଭାଙ୍ଗାଯିବନି ବୈକୁଣ୍ଠଧାମ ଆଶ୍ରମ । ବୈକୁଣ୍ଠଧାମ ଆଶ୍ରମ ଭଙ୍ଗା ଆଦେଶ ଉପରେ ରହିତାଦେଶ । ଡିସେମ୍ବର ୧୨ ତାରିଖ ଯାଏଁ ରହିତାଦେଶ ଦେଲେ ଓଡିଶା ହାଇକୋର୍ଟ । ଭଙ୍ଗା ଆଦେଶକୁ ଚ୍ୟାଲେଞ୍ଜ କରି ହାଇକୋର୍ଟ ଯାଇଥିଲେ ଆଶ୍ରମ କର୍ତ୍ତୃପକ୍ଷ ।

## ଝାଉଁ କାଠର ଘୋର ଅଭାବ; ସ୍ୱର୍ଗଦ୍ୱାରରେ ଲୋଡ଼ା କି ବୈଦ୍ୟୁତିକ ଚୁଲା



ପୁରୀ ସ୍ୱର୍ଗଦ୍ୱାରରେ ଲୋଡ଼ା କି ବୈଦ୍ୟୁତିକ ଚୁଲା ଶବଦାହ ପାଇଁ କାଠ ବଦଳରେ ଆବଶ୍ୟକ କି ବିକଳ୍ପ ବ୍ୟବସ୍ଥା ସ୍ୱର୍ଗଦ୍ୱାରରେ ଶବ ସଂସ୍କାର ପାଇଁ ଆବଶ୍ୟକ ଝାଉଁ କାଠର ଘୋର ଅଭାବ ଭିତରେ ପରିବେଶବିତ, ପୁରୀ ବାସିନ୍ଦା ଓ ଜିଲ୍ଲା ପ୍ରଶାସନ ପାଇଁ ସୃଷ୍ଟି ହୋଇଛି ଏକ ବଡ ଆହ୍ୱାନ । ସ୍ୱର୍ଗଦ୍ୱାରରେ ଶବଦାହ କରିବା ଅନେକଙ୍କ ଧାର୍ମିକ ଭାବନା ଓ ବିଶ୍ୱାସ ସହ ଜଡିତ ଥିବା ଓ ଏଠାରେ ଶବ ସଂସ୍କାର ପାଇଁ ସରକାରଙ୍କ ପକ୍ଷରୁ ସୁବ୍ୟବସ୍ଥା ଥିବାରୁ ଏବେ ଦୈନିକ ପାଖାପାଖି ୧୦୦ଟି ମୃତଦେହ ଦାହସଂସ୍କାର ପାଇଁ ଆସୁଛି ।ଜଣକା ୨ କ୍ୱିଣ୍ଟାଲ୍ କାଠର ଆବଶ୍ୟକତା ଥିବାରୁ ବର୍ଷକୁ ଏ ବାବଦରେ ପ୍ରାୟ ୭୨ ହଜାର କ୍ୱିଣ୍ଟାଲ କାଠ ଦରକାର । ଏଥିପାଇଁ ବନ ବିଭାଗ ପକ୍ଷରୁ ଅସ୍ତରଙ୍ଗ ଜଙ୍ଗଲରୁ ପୁରୀ ସ୍ୱର୍ଗଦ୍ୱାରକୁ ଯୋଗାଇ ଦିଆଯାଉଥିବା ଝାଉଁ କାଠ । ତଥାପି ଶବଦାହ ପାଇଁ ଝାଉଁକାଠର ଉକ୍ଟ ଅଭାବ ପରିଲକ୍ଷିତ ହେଉଛି । ତେଣୁ ପରିବେଶକୁ ଦୃଷ୍ଟିରେ ରଖି କାଠ ସହ ଶବଦାହ ପାଇଁ ବୈଦ୍ୟୁତିକ ଚୁଲାର ଆବଶ୍ୟକତା ମଧ୍ୟ ଜରୁରୀ ବୋଲି ମତ ରଖିଛନ୍ତି ପରିବେଶବିତ ଓ ପୁରୀ ବାସିନ୍ଦା ।

## ପାକିସ୍ତାନରେ ଆତଙ୍କୀ ହମଲା; ୩୮ ମୃତ, ୨୯ ଆହତ



ଭୁବନେଶ୍ୱର,୨୧।୧୧(ପି.ଏନ): ପାକିସ୍ତାନରେ ବଡ ଧରଣର ଆତଙ୍କବାଦୀ ହମଲା ହୋଇଛି । ଖାଇବର ପଖତୁନଖ୍ୱାରେ ଆଖିବୁଜା ଗୁଳିମାଡ କରିଛନ୍ତି ଆତଙ୍କବାଦୀ । ଏଥିରେ ୩୮ ଜଣଙ୍କ ମୃତ୍ୟୁ ଘଟିଥିବା ପ୍ରାଥମିକ ରିପୋର୍ଟରୁ ସୂଚନା ମିଳିଛି ।ରିପୋର୍ଟ ଅନୁସାରେ, ଏକ ଯାତ୍ରୀବାହୀ ଭ୍ୟାନ୍ ଭ୍ୟାନ୍ ଯାଉଥିବା ସମୟରେ ଖାଇବର ପଖତୁନଖ୍ୱାର ଡାଉନ୍ କୁରମ ଅଞ୍ଚଳରେ ଏହା ଉପରକୁ ଆକ୍ରମଣ କରିଥିଲେ ଆତଙ୍କବାଦୀ । ଏଥିରେ ୩୮ ଜଣଙ୍କ ଜୀବନ ଚାଲି ଯାଇଛି । ଏଥିସହ ୨୯ ଜଣ ଆହତ ହୋଇଛନ୍ତି । ଆହତମାନଙ୍କ ମଧ୍ୟରେ ପୁଲିସ କର୍ମଚାରୀ ଥିବା ସୂଚନା ମିଳିଛି ।

## ଆଦାନୀ ଗ୍ରୁପକୁ ବଡ ଝଟକା: ୭୩୬ ମିଲିୟନ ଡଲାରର ଡିଲ୍ ? ବାତିଲ କଲା ଏହି ଦେଶ

ଭୁବନେଶ୍ୱର,୨୧।୧୧(ପିଏନ):ଆମେରିକାରେ ସୋଲାର ଏନର୍ଜୀ କଣ୍ଟ୍ରାକ୍ଟ ପାଇବା ପାଇଁ ଲାଞ୍ଚ ଦେବା ଅଭିଯୋଗରେ ଫସିଥିବା ଆଦାନୀ ଗ୍ରୁପକୁ ଆଉ ଏକ ଝଟକା ଲାଗିଛି । ଆଦାନୀ ଗ୍ରୁପ ସହ ୭୩୬ ମିଲିୟନ ଡଲାରର ଡିଲକୁ ବାତିଲ କରିଛି କେନିୟା । ଆଦାନୀ ଗ୍ରୁପର ମୁଖ୍ୟ ଗୌତମ ଆଦାନୀ ଓ ଅନ୍ୟ ୭ ଜଣଙ୍କ ବିରୋଧରେ ଆମେରିକାରେ ଗିରଫ ପରୱାନା ଜାରି ହୋଇଛି ।ଏମାନେ କଣ୍ଟ୍ରାକ୍ଟ ପାଇଁ ୨୬୫ ମିଲିୟନରର ଲାଞ୍ଚ କାରବାର କରିଥିବା ଅଭିଯୋଗ ହୋଇଛି । ସେହିପରି ଆମେରିକାର ଏକାଧିକ ନିବେଶକ ଓ ବ୍ୟାଙ୍କ ଠାରୁ ମଧ ଠକେଇ କରିଥିବା ଅଭିଯୋଗ ହୋଇଛି । ଆମେରିକାର ସରକାରୀ ବିଭାଗ ଏପରି ଅଭିଯୋଗ ଆଣିବା ପରେ କେନିୟା ପକ୍ଷରୁ ଆଦାନୀ ଗ୍ରୁପ ସହ ହେବାକୁ ଥିବା ସମ୍ଭାବ୍ୟ ଡିଲ୍ ?କୁ ବାତିଲ କରି ଦିଆଯାଇଛି ।କେନିୟାର ରାଷ୍ଟ୍ରପତି ୱିଲିୟମ ରଟୋ ନିଜେ ଆଦାନୀ ଗ୍ରୁପ ସହ ଡିଲ ବାତିଲ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । କେନିୟାର ମୁଖ୍ୟ ଏୟାରପୋର୍ଟ ଗୌତମ ଆଦାନୀଙ୍କ ପାଖକୁ ଯିବାର ଥିଲା । ଏୟାରପୋର୍ଟ ଆବଶ୍ୟକ ସମସ୍ତ ସାମଗ୍ରୀ କେନିୟା ଆଦାନୀ ଗ୍ରୁପ ଠାରୁ ନେଇଥାଆନ୍ତା । ହେଲେ ଉକ୍ତ ସାମଗ୍ରୀର କ୍ରୟକୁ ବାତିଲ କରାଯାଇଛି ।

## ଦିଲ୍ଲୀ ନିର୍ବାଚନ ପୂର୍ବରୁ ଅରବିନ୍ଦ କେଜ୍ରିୱାଲଙ୍କୁ ବଡ଼ ଝଟକା



ଭୁବନେଶ୍ୱର,୨୧।୧୧(ପି.ଏନ): ଦିଲ୍ଲୀ ବିଧାନସଭା ନିର୍ବାଚନ ପୂର୍ବରୁ ଆମ୍ ଆଦମୀ ପାର୍ଟି ମୁଖ୍ୟ ଅରବିନ୍ଦ କେଜ୍ରିୱାଲଙ୍କୁ ଲାଗିଛି ଏକ ବଡ଼ ଝଟକା । କେଜ୍ରିୱାଲଙ୍କ ବିରୋଧରେ ଚାଲିଥିବା ଅବକାରୀ ନୀତି ସହ ଜଡ଼ିତ ଆର୍ଥିକ ଅନିୟମିତତା ମାମଲାର ଶୁଣାଣି ସ୍ଥଗିତ ରଖିବା ପାଇଁ ମନା କରିଦେଇଛନ୍ତି ଦିଲ୍ଲୀ ହାଇକୋର୍ଟ । ଏହି ଶୁଣାଣିରେ ସାମୟିକ ରୋକ୍ ଲଗାଇବା ପାଇଁ କେଜ୍ରିୱାଲଙ୍କ ପକ୍ଷରୁ ପିଟିସନ ଦାଖଲ କରାଯାଇଥିଲା । ଯାହାକୁ ଦିଲ୍ଲୀ ଉଚ୍ଚ ନ୍ୟାୟାଳୟ ଖାରଜ କରିଦେଇଛନ୍ତି । ଏହା ବ୍ୟତୀତ ତଦନ୍ତକାରୀ ଏଜେନ୍ସି ପ୍ରବର୍ତ୍ତନ ନିର୍ଦ୍ଦେଶାଳୟର ଚାର୍ଜସିଟ୍ ଗ୍ରହଣ କରିବା ପାଇଁ ଟ୍ରାଏଲ କୋର୍ଟର ନିର୍ଦ୍ଦେଶକୁ ଅରବିନ୍ଦ କେଜ୍ରିୱାଲଙ୍କ ହାଇକୋର୍ଟରେ ଚ୍ୟାଲେଞ୍ଜ କରିଥିଲେ । ଏହି ମାମଲାରେ ଇଡିଠାରୁ ଜବାବ ମାଗିଛନ୍ତି ହାଇକୋର୍ଟ । କେଜ୍ରିୱାଲଙ୍କ ଆବେଦନ ଉପରେ ଦିଲ୍ଲୀ ହାଇକୋର୍ଟ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟକୁ ନୋଟିସ ଜାରି କରିଛନ୍ତି । ହାଇକୋର୍ଟ ଏହି ମାମଲାର ପରବର୍ତ୍ତୀ ଶୁଣାଣି ପାଇଁ ଡିସେମ୍ବର ୨୦ ତାରିଖ ଧାର୍ଯ୍ୟ କରିଛନ୍ତି । ସେପଟେ ଅରବିନ୍ଦ କେଜ୍ରିୱାଲଙ୍କ ଆବେଦନ ଉପରେ ଜବାବ ଦାଖଲ ପାଇଁ ଇଡି ପକ୍ଷରୁ ସଲିଟର ଜେନେରାଲ ତୁଷାର ମେହେଟ୍ଟା ହାଇକୋର୍ଟଙ୍କୁ ସମୟ ମାଗିଛନ୍ତି ।

## ଧର୍ମଶାଳା ବିଧାୟକଙ୍କୁ ଆକ୍ରମଣ, ଜେଲଗଲେ ୧୦ ଜଣ



ଭୁବନେଶ୍ୱର,୨୧।୧୧(ପି.ଏନ): ବିଜେପି ନେତା ତଥା ଧର୍ମଶାଳା ବିଧାୟକ ହିମାଂଶୁ ଶେଖର ସାହୁଙ୍କ ଉପରେ ଆକ୍ରମଣ ଘଟଣା । କାର୍ଯ୍ୟାନୁଷ୍ଠାନ ନେଲା ପୋଲିସ । ୧୦ ଜଣଙ୍କୁ ବାନ୍ଧିଲା ପୋଲିସ । ବିଧାୟକଙ୍କ ପିଏସଓଙ୍କ ଏତଲା ଆଧାରରେ ୧୦ ଜଣଙ୍କୁ ଗିରଫ କରାଯାଇଛି । ଗିରଫ ପରେ ଯାଜପୁର ଏସଡିଜେଏମ୍ କୋର୍ଟରେ ହାଜର କରାଯାଇଛି । ଜାମିନ ନାମଞ୍ଜୁର ପରେ ୧୦ ଜଣ ଅଭିଯୁକ୍ତ ଜେଲ୍ ଯାଇଛନ୍ତି ।ପ୍ରକାଶଥାଉକି, ଗତକାଲି ଆକ୍ରମଣ ପରେ ଆଜି ସାମ୍ବାଦିକ ସମ୍ମିଳନୀ କରିଥିଲେ ଧର୍ମଶାଳା ବିଧାୟକ ହିମାଂଶୁ ଶେଖର । ଏହାକୁ ସେ ଦୃଢ ନିନ୍ଦା କରିବା ସହିତ କହିଥିଲେ, "ଏହି ଘଟଣାକୁ ସରକାର ଗମ୍ଭୀରତାର ସହ ନେଇଛନ୍ତି । ମୁଖ୍ୟମନ୍ତ୍ରୀ ଏବଂ ଉପମୁଖ୍ୟମନ୍ତ୍ରୀଙ୍କ ସହିତ ମଧ୍ୟ ଆଲୋଚନା ହୋଇଛି । ଆସାମୀଙ୍କୁ ଖୁବଶୀଘ୍ର ଗିରଫ କରାଯିବ । ରାଜନୀତିରେ ଅକ୍ରୋଶ ହେବା ମୁଁ ଜାଣିଥିଲି । କିନ୍ତୁ ଯାଜପୁରରେ ଏଭଳି ହେବା ଜାଣିନଥିଲି । ଏଭଳି ଆକ୍ରମଣ ମୁଁ ପ୍ରଥମ ଥର ଦେଖୁଛି । ବିଜୁ ଜନତା ଦଳ ଯେପରି ଗୁଣ୍ଡାଗର୍ଦ୍ଦି କରୁଛି ତାହାକୁ ନେଇ ଭୟଭୀତ ଯାଜପୁରବାସୀ । ଏହାକୁ କେବେ ମଧ୍ୟ ଯାଜପୁରବାସୀ ସହିପାରିବେ ନାହିଁ । ପୂର୍ବରୁ ମୋତେ ଆକ୍ରମଣ ନେଇ ଧମକ ଦିଆଯାଇଥିବା ବେଳେ ବର୍ତ୍ତମାନ ଆକ୍ରମଣ ମଧ୍ୟ ହୋଇଛି । ଏନେଇ ଖୁବଶୀଘ୍ର କାର୍ଯ୍ୟାନୁଷ୍ଠାନ ନିଆଯିବ ।" ତେବେ ବିଧାୟକଙ୍କ ସାମ୍ବାଦିକ ସମ୍ମିଳନୀରେ ୧୦ ଜଣଙ୍କୁ ଗିରଫ କରି ଜେଲ ପଠାଯାଇଥିବା ଖବର ସାମ୍ନାକୁ ଆସୁଛି ।

## ଅଚ୍ୟୁତ ସାମନ୍ତଙ୍କୁ ଜୀବନବ୍ୟାପୀ ସାଧନା ସମ୍ମାନ




ଭୁବନେଶ୍ୱର, ୨୧।୧୧: ୪୩ତମ ବିଶ୍ୱ କବି ସମ୍ମିଳନୀ ଅବସରରେ ଶିକ୍ଷାବିତ୍ ଓ ସମାଜସେବୀ ତଥା କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତଙ୍କୁ ଜୀବନବ୍ୟାପୀ ସାଧନା ସମ୍ମାନ ଓ ରବୀନ୍ଦ୍ର ନାଥ ଟାଗୋର ସମ୍ମାନ ପ୍ରଦାନ କରାଯାଇଛି । ଶିକ୍ଷା, ସମାଜସେବ. କଳା, ସଂସ୍କୃତି ଓ ସାହିତ୍ୟ କ୍ଷେତ୍ରରେ ବିକାଶ ଆଣିବା ଦିଗରେ ଉଲ୍ଲେଖନୀୟ କାର୍ଯ୍ୟ କରିଆସୁଥିବା ଶ୍ରୀ ସାମନ୍ତଙ୍କୁ ୱାର୍ଲଡ ଆକାଡେମୀ ଅଫ୍ ଆର୍ଟ ଆଣ୍ଡ କଲଚର (ଡବ୍ଲୁଏଏସି) ପକ୍ଷରୁ ଏହି ସମ୍ମାନ ପ୍ରଦାନ କରାଯାଇଛି । ଆଜି ମଦୁରାଇଠାରେ ଅନୁଷ୍ଠିତ ୱାର୍ଲଡ୍ ପୋଏଟ କଂଗ୍ରେସର ୪୩ତମ ସଂସ୍କରଣ ଉଦ୍‌ଘାଟନୀ ଉତ୍ସରେ ଶ୍ରୀ ସାମନ୍ତଙ୍କୁ ଏହି ସମ୍ମାନ ପ୍ରଦାନ କରାଯାଇଛି । ୩୦ଟି ଦେଶର ବହୁ ବିଶିଷ୍ଟ କବିଙ୍କ ଉପସ୍ଥିତିରେ ବିଶିଷ୍ଟ ଧର୍ମଗୁରୁ ଥାଭାଥିରୁ କୁନ୍ଦ୍ରାକୁଡ଼ି ପୋନାମବାଲା ଆଡ଼ିଗଲାର ଶ୍ରୀ ସାମନ୍ତଙ୍କୁ ଏହି ସମ୍ମାନ ପ୍ରଦାନ କରିଥିଲେ । ଏହା ସହିତ କଳା, ସାହିତ୍ୟ ଓ ସଂସ୍କୃତିର ବିକାଶ କ୍ଷେତ୍ରରେ ବ୍ୟାପକ କାର୍ଯ୍ୟ କରୁଥିବା ଶ୍ରୀ ସାମନ୍ତଙ୍କୁ ରବୀନ୍ଦ୍ର ନାଥ ଟାଗୋର ସମ୍ମାନ ପ୍ରଦାନ କରାଯାଇଛି । ସେତୁ ଭାସ୍କର ଗ୍ରୁପ୍‌ର ଅଧ୍ୟକ୍ଷ ଡ. ସେତୁ କୁମାନନ ଶ୍ରୀ ସାମନ୍ତଙ୍କୁ ସମ୍ମାନ ପ୍ରଦାନ କରିଥିଲେ ।କଳା, ସଂସ୍କୃତି ଓ ସାହିତ୍ୟର ବିକାଶ ଦିଗରେ ଉଲ୍ଲେଖନୀୟ କାର୍ଯ୍ୟ ସକାଶେ ଅଚ୍ୟୁତ ସାମନ୍ତଙ୍କୁ ୱାର୍ଲଡ୍ ପୋଏଟ କଂଗ୍ରେସର କାର୍ଯ୍ୟକାରିଣୀ ବୋର୍ଡ ସଦସ୍ୟ ଭାବେ ମନୋନୀତ କରାଯାଇଛି । ୱାର୍ଲଡ୍ ପୋଏଟ କଂଗ୍ରେସର ଅନୁମୋଦନ କ୍ରମେ ଶ୍ରୀ ସାମନ୍ତଙ୍କୁ ଏହାର ସଦସ୍ୟ କରାଯାଇଛି ।ୱାର୍ଲଡ୍ ପୋଏଟ କଂଗ୍ରେସକୁ ନିଜର କୃତଜ୍ଞତା ଜଣାଇ ଶ୍ରୀ ସାମନ୍ତ କହିଛନ୍ତି, ଦୀର୍ଘ ୩ ଦଶନ୍ଧି ଧରି କଳା, ସାହିତ୍ୟ ଓ ସଂସ୍କୃତିର ବିକାଶ ଦିଗରେ କାର୍ଯ୍ୟ କରିବା ସହ ସମାଜରେ ଏକତା ବୃଦ୍ଧି କରିବା ଦିଗରେ ମୋର ପ୍ରତିବଦ୍ଧତାକୁ ଏହି ସମ୍ମାନ ଆହୁରି ସୁଦୃଢ଼ କରିଛି । ଏହା ଫଳରେ ଏ ଦିଗରେ ଆହୁରି ଅଧିକ କାର୍ଯ୍ୟ କରିବାକୁ ମୋତେ ପ୍ରେରଣା ମିଳିଛି ବୋଲି ଶ୍ରୀ ସାମନ୍ତ କହିଛନ୍ତି ।

## କୁହୁଡି ପହଁରୁଛନ୍ତି ବିଜେଡି ନେତା, ଅବାସ୍ତବତାକୁ ନେଇ ହେଉଛନ୍ତି ଖୁସି !

ଭୁବନେଶ୍ୱର,୨୧।୧୧(ପି.ଏନ): ବିଜେଡିକୁ ବିଜେଡିର କାଉଣ୍ଟର । ବିଜେଡି ସରକାର ଗଠନ କରିବାକୁ ଯାଉଛି, ଏମିତି ବୟାନବାଜି ଦଳର ବହୁ ବରିଷ୍ଠ ଦେବା ପରେ ସାମ୍ନାକୁ ଆସିଛନ୍ତି ଘସିପୁରା ବିଧାୟକ ତଥା ଦଳର ବରିଷ୍ଠ ସଦସ୍ୟ ବଦ୍ରୀପାତ୍ର । ବିଜେଡି ସରକାର ଗଠନ ନେଇ କହୁଥିବା ନେତାଙ୍କ ମତି ବିଭ୍ରାନ୍ତି ହୋଇଛି ବୋଲି କହିଛନ୍ତି ପାତ୍ର । ଏଥିସହ ଏପରି ବୟାନ ଦେବାକୁ ଦଳ ସଭାପତି ସେମାନଙ୍କୁ କଣ ଅନୁମତି ଦେଇଛନ୍ତି ବୋଲି ପ୍ରଶ୍ନ କରିବା ସହ ବିଜେଡି ସରକାର ଗଠନ କଥା ସମ୍ପୂର୍ଣ୍ଣ ଅବାସ୍ତବ ବୋଲି କହିଛନ୍ତି ବଦ୍ରୀ ।ଗୁରୁବାର ଦିନ ଘସିପୁରା ବିଧାୟକ କହିଛନ୍ତି, ବିଜେପି ସଂଖ୍ୟା ଗରିଷ୍ଠତା ହାସଲ କରି ସରକାର ଗଠନ କରିଛି । ସରକାର ଭାଙ୍ଗିବା କଥା କହୁଥିବା ଓ ବିଜେଡି ପୁଣି ସରକାର ଗଠନ କରିବା କଥା କହୁଥିବା ନେତାଙ୍କ ମତି ଭ୍ରମ ହୋଇଥିବା କହିଛନ୍ତି ବଦ୍ରୀ । ଏଥିସହ ସେ କହିଛନ୍ତି, ବିଜେଡି ବିଜେପିଠାରୁ ସମ ଦୂରତା ରକ୍ଷା କରି ଆସିଛି । କଂଗ୍ରେସ ସହ କେତେବେଳେ ବି ନ ଥିଲା । କେମିତି କଂଗ୍ରେସ ସହ ଗୋଟିଏ ସଂଖ୍ୟା ଗରିଷ୍ଠ ସରକାର ଭାଙ୍ଗି ସରକାର ଗଠନ କରିବ ବିଜେଡି ବୋଲି ବିଜେଡି ନେତାଙ୍କୁ ପ୍ରଶ୍ନ କରିଛନ୍ତି ବଦ୍ରୀ ପାତ୍ର ।ଏଥିସହ ବିଜେଡି କଂଗ୍ରେସ ସହ ମିଶି ସରକାର ଗଠନ କରିବା ପରି ଅବାସ୍ତବ କଥା କହିବାକୁ କିଏ ସେମାନଙ୍କୁ ଅଧିକାର ଦେଲା ସେ ଜାଣିନାହାନ୍ତି ବୋଲି କହିଛନ୍ତି । ଏସମ୍ପର୍କରେ ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କୁ ଅବଗତ ଅଛି କି ନାହିଁ ସେ ସମ୍ପର୍କରେ ମଧ୍ୟ ସେ ଜାଣିନଥିବା କହିଛନ୍ତି ଘସିପୁରା ବିଧାୟକ । ନେତାଙ୍କ ଏପରି ବୟାନ ସେମାନଙ୍କୁ ନିନ୍ଦିତ କରୁଥିବା ମଧ୍ୟ କହିଛନ୍ତି ବଦ୍ରୀ ।

## ୩ ବିଶ୍ୱବିଦ୍ୟାଳୟର କୁଳପତିଙ୍କ କାର୍ଯ୍ୟକାଳ ଆଉ ୬ମାସ ବଢ଼ିଲା



ଭୁବନେଶ୍ୱର,୨୧।୧୧(ପି.ଏନ): ଚଳିତମାସରେ ଶେଷ ହେଉଥିବା ରାଜ୍ୟର ୩ ପ୍ରମୁଖ ବିଶ୍ୱବିଦ୍ୟାଳୟର କୁଳପତିଙ୍କ କାର୍ଯ୍ୟକାଳକୁ ରାଜ୍ୟପାଳ ଆଉ ୬ମାସ ବୃଦ୍ଧି କରିଛନ୍ତି । ଉତ୍କଳ ବିଶ୍ୱବିଦ୍ୟାଳୟ, ରମାଦେବୀ ବିଶ୍ୱବିଦ୍ୟାଳୟ ଓ ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟରେ ନୂଆ କୁଳପତିଙ୍କ ନିଯୁକ୍ତିରେ ରାଜ୍ୟ ଉଚ୍ଚଶିକ୍ଷା ବିଭାଗ ବିଳମ୍ବ କରୁଥିବାକୁ ନେଇ ରାଜଭବନ ଗତ ସପ୍ତାହରେ ଅସନ୍ତୋଷ ବ୍ୟକ୍ତ କରିଥିଲେ । ଏହି ୩ ବିଶ୍ୱବିଦ୍ୟାଳୟରେ ନୂଆ କୁଳପତି ଚୟନ ନିମନ୍ତେ ଏପର୍ଯ୍ୟନ୍ତ ଉଚ୍ଚଶିକ୍ଷା ବିଭାଗ ବିଜ୍ଞାପନ ଜାରି କରିନଥିବାରୁ ରାଜ୍ୟପାଳ ଆଜି ସମ୍ପୃକ୍ତ କୁଳପତିମାନଙ୍କ କାର୍ଯ୍ୟକାଳକୁ ଆଉ ୬ମାସ ବୃଦ୍ଧି କରିଛନ୍ତି ।ଆଜି ଗୁରୁବାର ରାଜଭବନ ପକ୍ଷରୁ ଜାରି ବିଜ୍ଞପ୍ତି ଅନୁସାରେ, ଉତ୍କଳ ବିଶ୍ୱବିଦ୍ୟାଳୟ, ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟ ଓ ରମାଦେବୀ ବିଶ୍ୱବିଦ୍ୟାଳୟର କୁଳପତିମାନଙ୍କ କାର୍ଯ୍ୟକାଳକୁ ରାଜ୍ୟପାଳ ବୃଦ୍ଧି କରିଛନ୍ତି । ଏହି ୩ ବିଶ୍ୱବିଦ୍ୟାଳୟର କୁଳପତିଙ୍କ କାର୍ଯ୍ୟକାଳ ସରିବା ଦିନଠୁ ୬ମାସ ପର୍ଯ୍ୟନ୍ତ ଅବା ନୂଆ କୁଳପତି ଯୋଗଦେବା ପର୍ଯ୍ୟନ୍ତ(ଯାହା ପ୍ରଥମେ ଆସିବ) ବୃଦ୍ଧି କରାଗଲା । ତେବେ ଏହି ସମ୍ପ୍ରସାରିତ କାର୍ଯ୍ୟକାଳ ମଧ୍ୟରେ ସମ୍ପୃକ୍ତ କୁଳପତିମାନେ କୁଳାଧିପତିଙ୍କ ବିନା ଅନୁମତିରେ କୌଣସି ନୀତିଗତ ନିଷ୍ପତ୍ତି ନେଇପାରିବେ ନାହିଁ ବୋଲି ବିଜ୍ଞପ୍ତିରେ ଉଲ୍ଲେଖ ରହିଛି ।








# ଟି ଟାଇମ୍



## ଜୋକ୍ସ

ଚିଣ୍ଟୁ-ବାପା କାଲି ଆମ ସ୍କୁଲକୁ ଯିବ, ଗୋଟେ ଛୋଟିଆ ଗେଟ ଟୁଗେଦର ଅଛି
ବାପା-କିଏ କିଏ ଆସୁଛନ୍ତି ?
ଚିଣ୍ଟୁ-କେହି ନୁହେଁ, ମୁଁ ତମେ ଆଉ ପ୍ରିନ୍ସପାଲ।

# ଭାଇଜାନ୍‌ଙ୍କ ଚମକ



୫୧ ବର୍ଷରେ ପାଦ ଦେଇଛନ୍ତି ଦବଙ୍ଗ ଷ୍ଟାର୍ ସଲମନ୍ ଖାଁ। କନ୍ତୁ ସଲ୍ଲୁଙ୍କ କ୍ରେଜ୍ ଏବେବି କମିନି। ବୟସ ୫୧ ଛୁଇଁଲେ ବି ତାଙ୍କର ପ୍ରତିଟି ନୂଆ ଫିଲ୍ମ ଦର୍ଶକଙ୍କୁ ଦେଇଛି ନୂଆ ଟେଷ୍ଟା ଆଉ ବକ୍ସ ଅଫିସରେ କରିଛି ନୂଆ ରେକର୍ଡ। ବୟସ ସହିତ ତାଳଦେଇ ବଢ଼ିଚାଲିଛି ଦବଙ୍ଗ୍ ଷ୍ଟାରଙ୍କ କ୍ରେଜ୍। ‘ବିବି ହୋ ଐସି’ରୁ କ୍ୟାରିଅର୍ ଆରମ୍ଭ କରିଥିବା ସଲ୍ଲୀ ମିଆଁ ବଲିଉଡିରେ ୨୫ରୁ ଅଧିକ ବର୍ଷ ବିତାଇ ସାରିଲେଣି। ଫ୍ଲପ୍ ହିଟର ଏକ୍ସପେରିମେଣ୍ଟ କରୁକରୁ ସଲମାନ୍ ବନି ଯାଇଛନ୍ତି ବଲିଉଡର ବ୍ୟାଙ୍କବେଲ୍ ଷ୍ଟାର। ଯାହାଙ୍କୁ ନେଇ ପ୍ରଡ୍ୟୁସର କେବେ ବି ଆଶଙ୍କା ସୃଷ୍ଟି କରନ୍ତି ନାହିଁ। କାରଣ ଲଗାତର୍ ସେ ଦେଇଚାଲିଛନ୍ତି ଗୋଟିଏ ପରେ ଗୋଟିଏ ବ୍ଲକ ବ୍ଲଷ୍ଟର ହିଟ୍। ଛୋଟ ପରଦାରେ ତାଙ୍କ ହୋଷ୍ଟିଂ ମଧ୍ୟ ଖୁବ୍ ହିଟ୍ ହୋଇଛି। ଚଳିତ ବର୍ଷ ଫ୍ୟାନଙ୍କୁ ‘ବଜରଙ୍ଗୀ ଭାଇଜାନ୍’ ଓ ‘ପ୍ରେମରତନ ଧନ ପାୟୋ’ ଭଳି ଦୁଇଟି ସୁପରହିଟ୍ ଫିଲ୍ମ ଭେଟି ଦେଇଛନ୍ତି ସଲମାନ୍। ଆସନ୍ତା ବର୍ଷ ରିଲିଜ୍ ହେବାକୁ ଥିବା ସୁଲତାନ କେବେ ପରଦାକୁ ଆସୁଛି ତାହାକୁ ହିଁ ଅପେକ୍ଷା।

# ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ ।

# ଗୋରୁଙ୍କ ଫାଟୁଆ ରୋଗ ଚିକିତ୍ସା

ଦେଶର ବିଭିନ୍ନ ସ୍ଥାନରେ ଗୋରୁଗାଈଙ୍କୁ ନୃଶଂସ ଭାବେ ହତ୍ୟା କରାଯାଉଥିବା ବେଳେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ଓ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି । ଏଭଳି ପରିସ୍ଥିତିରେ ଦୁଇ ବିଦେଶୀ ନାଗରିକ କଷ୍ଟ ଲାଘବ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରବା ବାସ୍ତବରେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଘଟଣାଟି ହେଉଛି ଦୁଇ ବ୍ରିଟିଶ ଇନ୍‌ଭେଷ୍ଟର ନିଜ ବ୍ୟବସାୟକୁ ବିଶ୍ୱସ୍ତରରେ ପ୍ରସାର କରିବା ଉଦ୍ଦେଶ୍ୟରେ ଗୋରୁଗାଈଙ୍କ



ପାଇଁ ଜୋତା ତିଆରି କରୁଛନ୍ତ । ଯାହାଫଳରେ ଗୋରୁଗାଈଙ୍କୁ ଖୋରାଜନିତ ଯନ୍ତ୍ରଣାରୁ ଉପସମ ମିଳିବ । ୪୦ବର୍ଷୀୟ ରୋବର୍ଟ ଟାଡ଼ ଓ ୪୩ବର୍ଷୀୟ ମାଇକ ବ୍ରିମ୍ବଲ ମିଳିତଭାବେ ଏହି ଜୋତା ପ୍ରସ୍ତୁତ କରୁଛନ୍ତି । ଏହି ଜୋତାକୁ ୪୨ଟି ଦେଶରେ ବିକ୍ରି ପାଇଁ ଛଡ଼ାଯାଇଛି । ଏହି ଦେଶମାନଙ୍କ ମଧ୍ୟରେ ଅଷ୍ଟ୍ରେଲିଆ, କାନାଡ଼ା ଓ ୟୁଏସ୍‌ଏ ସାମିଲ ରହିଛି । ପ୍ରୋଜେକ୍ଟ ମ୍ୟାନେଜର ମାଇକ୍ କହନ୍ତି, ତାଙ୍କର ଏହି ନିଆରା ଉଦ୍ୟମକୁ କେତେକ ଦେଶରେ ବେଶ୍ ପ୍ରଶଂସା କରାଯାଇଛି । ବିଶେଷକରି ୟୁରୋପର ଏକ ପ୍ରାଣୀ ଚିକିତ୍ସାଳୟରୁ ମାଇକଙ୍କ ପାଖକୁ ଶୁଭେଚ୍ଛା ବାର୍ତ୍ତା ମଧ୍ୟ ଆସିଛି । ଆଉ କିଛି ବ୍ୟକ୍ତି ଏହି ଜୋତା ବ୍ୟବସାୟ ପାଇଁ ଆଗ୍ରହ ପ୍ରକାଶ କରି ଲାଇସେନ୍ସ ବାହାର କରିବାରେ ଲାଗିପଡ଼ିଛନ୍ତି । ମାଇକ ପେସାରେ ଜଣେ କୃଷକ । କୃଷିକ୍ଷେତ୍ରରେ କାମକରୁଥିବା ସମୟରେ ହଳକରୁଥିବା ଦୁଇ ବଳଦଙ୍କ ଖୋରାରୁ ରକ୍ତ ବାହାରୁଥିବା ଦେଖି ମାଇକ୍ ସେମାନଙ୍କ ପାଇଁ ଜୋତା ତିଆରି କରିବାର ପରିକଳ୍ପନା କରିଥିଲେ ଯାହାକୁ ସେ ଆଜି ବାସ୍ତବ ରୂପ ଦେଇଛନ୍ତି।

## ପୁରାଣ କାହାଣୀ

# ବିଶ୍ୱ ନିର୍ମାଣର ସ୍ରଷ୍ଟା ‘ବିଶ୍ୱକର୍ମା’

ଦେବ ଶିଳ୍ପୀ ବିଶ୍ୱକର୍ମା ଏ ବିଶ୍ୱର ସମସ୍ତ ନିର୍ମାଣ କାର୍ଯ୍ୟର ସ୍ରଷ୍ଟା । ସେ ବ୍ରହ୍ମାଙ୍କ ନାଭି ମଣ୍ଡଳରୁ ଜାତ ବୋଲି ଧର୍ମ ଶାସ୍ତ୍ରମାନଙ୍କରେ ଉଲ୍ଲେଖ ରହିଛି । ସେ କଡ଼୍ୟା ସଂକ୍ରାନ୍ତି ଦିନ ମର୍ତ୍ତ୍ୟ ଲୋକରେ ଆବିର୍ଭୁତ ହୋଇଥିବାରୁ ସେହିଦନ ମର୍ତ୍ତ୍ୟଲୋକର ସମସ୍ତ ଶିଳ୍ପୀକୂଳ ତାଙ୍କରି ପୂଜା ଏବଂ ଆରାଧନା କରି ଥାଆନ୍ତି ।

ବିଶ୍ୱକର୍ମା ବିଶ୍ୱର ବିଦ୍ଧାଣୀ । ସେ ବୈକୁଣ୍ଠବାସୀ ଓ ସର୍ବଗୁଣ ସମ୍ପନ୍ନ । ସର୍ବଶକ୍ତିମାନ, ସର୍ବନୀୟନ୍ତା , ବାୟରୂପେ ସର୍ବବିଦ୍ୟମାନ, ବାସ୍ତୁବିଦ୍ୟାର ଦେବତା ଏବଂ ନିର୍ମାଣ କାର୍ଯ୍ୟର ଦଣ୍ଡଧାରୀ ଦେବତା ।



ବ୍ରହ୍ମବୈବର୍ତ୍ତ ପୁରାଣରେ ବ୍ରହ୍ମାଙ୍କ ନାଭିରୁ ଜାତ, ପୁରାଣରେ ସେ ଦେବ ଶିଳ୍ପୀ । ଏମିତି ଭିନ୍ନ ଭିନ୍ନ ନାମରେ ସେ ପରିଚିତ । ତାଙ୍କରି ହାତ ସ୍ୱର୍ଶରେ କୁବେରଙ୍କର ଅଳକାପୁର, ଦ୍ୱାରକା ନଗର, ସ୍ୱର୍ଣ୍ଣଲଙ୍କା, କୃଷ୍ଣ ନିବାସ, ସେତୁ ବନ୍ଧ ନିର୍ମାଣ, ଇନ୍ଦ୍ରଭୁବନ, ଗୋଲକଧାମ, ସୁଦାମା ପୁରୀ, ମହାଲକ୍ଷ୍ମୀଙ୍କ ସମୁଦ୍ରକୁଳସ୍ଥ ମର୍ତ୍ତ୍ୟ ବୈକୁଣ୍ଠ, କଳାକାରଖାନା, ମଠ ମନ୍ଦିର, ମସଜିଦ, ଗାଡିମଟର, ଉହାଜାହାଜ, ଛପାଖାନା, ରେଳ ଗାଡି, ଟିଭି, ରେଡିଓ, କମ୍ପ୍ୟୁଟର ଆଦି ।ଆମ ଚାରିପଟେ ଦେଖୁଥିବା ତିନିପୁରର ସମସ୍ତ ନିର୍ମାଣ ମଣିଷ କିଛି କରେ ନାହିଁ । ମଣିଷ ଦେହରେ ବିଜେ ହୋଇ ସେ ହିଁ ସବୁ କରି ଥାଆନ୍ତି । ଅନେକଙ୍କ ମତରେ କୃଷି ଓ ବୃଷ୍ଟିର ଦେବତା ହେଉଛନ୍ତି ବିଶ୍ୱକର୍ମା । ବିଶ୍ୱକର୍ମା ଉଭୟ ବୈଦିକ ଓ ପୌରାଣିକ ଦେବତା । ଆଧୁନିକ ରୂପରେ ସେ ରୂପରେ ଗୌର । ହସ୍ତରେ ବିଭିନ୍ନ ମାନଦଣ୍ଡ, ଚାରି ଭୂଜା ବାମ ଉପର ହସ୍ତରେ ବଟାଳି, ନିମ୍ନହସ୍ତରେ ମାର୍ତ୍ତୁଲ ବା ନିକିତି, ଦକ୍ଷିଣ ଉର ହସ୍ତରେ ଚକ୍ର ଧାରଣ କରି ପୂଜା ପାଉଛନ୍ତି । ଶ୍ୱେତ ବସ୍ତ୍ର ପରିଧାନ କରିବା ସହ କାନ୍ଧରେ ପଇତା ପକାଇ ଭକ୍ତଙ୍କୁ ଦର୍ଶନ ଦିଅନ୍ତି । ତେଣୁ ବିଭିନ୍ନ ଶିଳ୍ପ ସଂସ୍ଥାରେ ଏହି ବିଶ୍ୱକର୍ମାଙ୍କ ପୂଜା ଧୂମଧାମରେ ପାଳନ କରାଯାଏ ।

# ବିଲେଇ ଶାଳା

ଯଦି ଏହି ପୃଥିବୀରେ ବିଲେଇମାନଙ୍କ ପାଇଁ କେଉଁଠି ସ୍ୱର୍ଗଥାଏ ତେବେ ତାହା ହେଉଛି କାଲିଫର୍ଣ୍ଣିଆ। ଦି କ୍ୟାଟ୍ ହାଉସ୍ ଅନ୍ ଦି କିଙ୍ଗସ୍ ନାମରେ ପ୍ରସିଦ୍ଧ ଏକ ଘରେ ବର୍ତ୍ତମାନ ୭୦୦ ବିଲେଇ ବାସ କରନ୍ତି। ବିଲେଇମାନଙ୍କ ରହିବା ପାଇଁ ସେଠାରେ ୯ଟି ଭିନ୍ନ ଭିନ୍ନ ସ୍ଥାନ ତିଆରି କରାଯାଇଛି। ଏହାକୁ ବିଶ୍ୱର ସବୁଠାରୁ ବଡ ବିଲେଇ ଅଭ୍ୟାରଣ୍ୟ ବୋଲି କୁହାଯାଏ। ଏହି ଘରର ନିର୍ମାଣ ୧୯୯୨ରେ କରାଯାଇଥିଲା, ସେହିଦିନଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ପ୍ରାୟ ୨୪ ହଜାର ବିଲେଇଙ୍କୁ



ଏଠାରେ ପୋଷା ଯାଇସାରିଲାଣି। ଏହି ବିଲେଇ ଘରର ନିର୍ମାଣ ଲିନିୟା ଲତାଞ୍ଜିୟୋ କରିଥିଲେ। ଲିନିୟା କୁହନ୍ତି, ମୁଁ ଚାହୁଁନି ଯେ, କୌଣସି ବିଲେଇ ପିଞ୍ଜରାରେ କଏଦ୍ ହୋଇ ରୁହନ୍ତୁ। ସେମାନଙ୍କୁ ଖୁବ୍ ଜୋର୍‌ରେ ଦୌଡିବା ଏବଂ ଗଛ ଉପରେ ଚଢ଼ିବା ଅଧିକାର ଅଛି। ଏହି କାରଣ ଯୋଗୁଁ ମୁଁ ଏହି ଅଭ୍ୟାରଣ୍ୟର ନିର୍ମାଣ କରିଥିଲି। ସେ କୁହନ୍ତି ମୁଁ ପ୍ରତିଦିନ ଏଭଳି ବିଲେଇଙ୍କୁ ଖୋଜେ, ଯାହାକୁ ଲୋକେ ଛାଡି ଦେଇଥାଆନ୍ତି। ସେମାନଙ୍କୁ ମୁଁ ମୋର ଏହି ଘରକୁ ଆଣେ। ଏହି ବିଲେଇ ଅଭ୍ୟାରଣ୍ୟର ଫଟୋକୁ ଫଟୋଗ୍ରାଫର କ୍ରିଷ୍ଟିନା ଗେଣ୍ଡଲ୍ମୋ ଉଠାଇଛନ୍ତି, ଯିଏକି ଲାସ୍ ଏଞ୍ଜୋଲିସ୍‌ରେ ବାସ କରନ୍ତି। ସେ କୁହନ୍ତି, ମୁଁ ଏହି ଫଟୋ ଜରିଆରେ ଲିନିୟା ଏବଂ ତାଙ୍କ ଦଳର ସଦସ୍ୟ କିଭଳି ପରିଶ୍ରମ କରୁଛନ୍ତି ତାହା ଜଣାଇବା ପାଇଁ ଚେଷ୍ଟା କରିଛି।

## ଫଟୋସପ୍‌ର କମାଲ୍

ଥିଓଡର। ତା’ବୟସ ମାତ୍ର ୧୦ ମାସ। ଏତେ କମ୍ ବୟସରେ ସେ ଚିତା ବାଘ ଉପରେ ବସି ମସ୍ତି କରେ ତ ଆଉ କେତେ ବେଳେ ହାତୀର ଶୁଣ୍ଢ ସହ ଖେଳେ। କେତେବେଳେ ଭାଲୁ ସହ ଶୋଇଯାଏ ତ ଆଉ କେତେବେଳେ ସିଲ୍ ମାଛ ସହ ତାଳରେ ତାଳ ମିଶାଇ ଗୀତ ଗାଏ। ଆପଣମାନେ ଭାବୁଥିବେ ଏତେ କମ୍ ବୟସ୍କ ଛୁଆଟି ଏଭଳି ଭୟାନକ ପଶୁଙ୍କ ସହ କିଳଭି ଖେଳିପାରେ। ପ୍ରକୃତରେ ଏହା ହେଉଛି ଫଟୋସପ୍‌ର କମାଲ୍। ଅଷ୍ଟ୍ରିୟାରେ ବାସ କରୁଥିବା ଡେନିଏଲା ବେବିକ୍ ନିଜ ଫଟୋଗ୍ରାଫିର ସଉକ୍‌କୁ ପୂରଣ କରିବା ପାଇଁ ଏକ୍ସପେରିମେଣ୍ଟ କରୁକରୁ ଏଭଳି ଫଟୋ ପ୍ରସ୍ତୁତ କରିଛନ୍ତି, ଯାହାକୁ ଦେଖି ଲୋକେ ଚକିତ ହୋଇଯିବେ। ସୂଚନା ଯୋଗ୍ୟ ଯେ, ଡେନିଏଲ୍‌ଙ୍କୁ ଫଟୋଗ୍ରାଫି ଏବଂ ଫଟୋସପ୍‌ରେ କାମ କରିବା ଦ୍ୱାରା ଆନନ୍ଦ ମିଳେ। ସେ ସର୍ବଦା କିଛି ନୂଆ କରିବାରେ ବିଶ୍ୱାସ କରନ୍ତି।

## ଦି ଇଣ୍ଟରଭ୍ୟୁ ଟାଇମ୍ସର ୮ମ ବାର୍ଷିକ ଉତ୍ସବ ପାଳିତ

ଭୁବନେଶ୍ୱର : ରାଜ୍ୟର ଅଗ୍ରଣୀ ମାସିକ ପତ୍ରିକା “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ୮ମ ବାର୍ଷିକ ଉତ୍ସବ ହୋଟେଲ୍ ସ୍ୱସ୍ତି ପ୍ରିମିୟମ୍, ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଅଛି । “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ସମ୍ପାଦକ ଦିବ୍ୟଜିତ୍ ସାହୁଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମକୁ ରଣେନ୍ଦ୍ର ପ୍ରତାପ ସ୍ୱାଇଁ (ଖାଦ୍ୟ ଯୋଗାଣ ମନ୍ତ୍ରୀ), ଡଃ ଅରୁଣ କୁମାର ସାହୁ (କୃଷି ମନ୍ତ୍ରୀ) ଉଦ୍‌ଘାଟନ କରିଥିଲେ । ମୁଖ୍ୟଅତିଥି ଭାବେ ଜଷ୍ଟିସ୍ ମଦନ ମୋହନ ଦାସ (ବିଚାରପତି), ଶ୍ରୀଯୁକ୍ତ ତାରାରଂଜନ ପଟ୍ଟନାୟକ (ପ୍ରତିଷ୍ଠାତା-ଫାଲ୍‌କନ୍ ମେରାଇନ୍) ଏବଂ ରାକେଶ ମୋହନ (ବେଦାନ୍ତ ଲିମିଟେଡ୍) ଯୋଗ ଦେଇଥିଲେ । ଏହି ଅବସରରେ ଅତିଥିମାନେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ପ୍ରୟାସକୁ ସାଧୁବାଦ୍ ଜଣାଇବା ସହ ସଫଳତା କାମନା କରିଥିଲେ । ମଞ୍ଚସଭା ପରେ ପରେ ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ଲାଭ କରିଥିବା ୨୦ଜଣ ବିଶିଷ୍ଟ ବ୍ୟକ୍ତିଙ୍କୁ “ଦି ଇଣ୍ଟରଭ୍ୟୁ ଟାଇମ୍ସ” ପରିବାର ତରଫରୁ ସମ୍ମାନଜନକ “ଶ୍ରେଷ୍ଠ-୨୦ ଓଡ଼ିଶାର ପ୍ରେରଣାଦାୟୀ ବ୍ୟକ୍ତି” ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ସ୍ୱତନ୍ତ୍ର ସଂଖ୍ୟା “ଭିଜନ୍ ଅଫ୍ ଓଡ଼ିଶା-୨୦୧୯” ଉନ୍ମୋଚିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଦିଲୀପ କୁମାର ମହାନ୍ତି ଏବଂ ଉପଦେଷ୍ଟା ସୁଚିସ୍ମିତା ପୃଷ୍ଟି ଉପସ୍ଥିତ ଥିଲେ । ପରିଶେଷରେ ସହ-ସମ୍ପାଦକ ଶୁଭୋଜିତ୍ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ ।

# ଏବେ ଇ-ଟୁଥବ୍ରସ୍

ଲୋକମାନଙ୍କର ବଞ୍ଚିବା ଷ୍ଟାଇଲ ଯଦି ସ୍ମାର୍ଟ, ସେମାନେ ବ୍ୟବହାର କରୁଥିବା ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଯେପରି ମୋବାଇଲ, କମ୍ପୁଟର ଆଦି ସ୍ମାର୍ଟ ତେବେ ଏଥିରୁ ଟୁଥବ୍ରସ୍ ବା କାହିଁକି ବାଦ ପଡ଼ିବ। ଟୁଥବ୍ରସ୍‌ର କେତେକ କମ୍ପାନୀ ଏବେ ଇ-ଟୁଥବ୍ରସ୍ ବନାଇବାକୁ ଯୋଜନା କରୁଛନ୍ତି। ଏହି ଇ-



ଟୁଥବ୍ରସ୍ ଆପଣଙ୍କ ଦାନ୍ତକୁ ସଫା କରିବା ସହିତ ନୋଟ୍ କରିଥାଏ କି ଆପଣଙ୍କର ଦାନ୍ତ କେତେ ସଫାସୁତୁରା ଅଛି। ସେହି ଡାଟାକୁ ଏକ ଖାସ୍ ଆପ ସାହାଯ୍ୟରେ ଆପଣଙ୍କର ସ୍ମାର୍ଟ ଫୋନ୍ ଓ ଆଇଫୋନ୍‌କୁ ପଠାଇଥାଏ। ଏହି ଆପ ସାହାଯ୍ୟରେ ଆପଣ ଜାଣି ପାରିବେ ଯେ ଆପଣଙ୍କର ବ୍ରସ୍ କରିବା ଷ୍ଟାଇଲରେ ଦାନ୍ତ ଠିକ୍ ଭାବେ ସଫା ହେଉଛି ନା ନାହିଁ ଓ ବ୍ରସ୍ କରିବା ଫଳରେ ଆପନଙ୍କ ଦାନ୍ତ ମାଢ଼ି ର କୌଣସି କ୍ଷତି ହେଉନାହିଁ ତ। ପ୍ରତିଦିନର ବ୍ରସ୍ କରିବା ପରେ ସେହି ବ୍ରସ୍ ଦାନ୍ତର ସୁସ୍ଥତା ଓ ଦାନ୍ତ ସଫା ହୋଇଛି ନା ନାହିଁ ନିୟମିତ ସୁଚନା ଦେଇଥାଏ। ଏହା ବ୍ୟତୀତ ଏହି ସ୍ମାର୍ଟ ଟୁଥବ୍ରସ୍ ଦାନ୍ତକୁ ସଠିକ୍ ଭାବେ ସଫା କରିବାର ପ୍ରକ୍ରିୟା ମଧ୍ୟ ବତାଇଦେବ।

# ଫିନାଇଲ ବ୍ୟବହାର କରୁଛନ୍ତି କି ?

ଫିନାଇଲିରେ ଏମିତି କିଛି ବିଷାକ୍ତ ପଦାର୍ଥ ମିଶିଛି ଯାହା ଆମ ଶରୀରରେ ସ୍ଲୋପଜଏଜ ଭଳି କାମ କରିଥାଏ। ବହୁ ଅଧ୍ୟୟନରୁ ଜଣାପଡିଛି ଯେ, ସଫା କରିବା ପାଇଁ ବ୍ୟବହୃତ ହେଉଥିବା ଫିନରାଇଲରେ ବହୁତ କ୍ଷତିକାର ତତ୍ତ୍ୱ ମିଶିକରି ରହିଥାଏ। ଫିନାଇଲିରେ ରହିଥାଏ ଶକ୍ତିଶାଳୀ ଫିନେଲ, ଯାହା ରୋଗାଣୁରୋଧକ ଏବଂ କୀଟାଣୁନାଶକ କାମ କରିଥାଏ। ଯେତେବେଳେ ଏହାକୁ ଲାଟିନ୍ କିମ୍ବା ବାଥ୍‌ରୁମ୍ ସଫାକରିବା ପାଇଁ ବ୍ୟବହାର କରାଯାଏ ତ ଏଥିରେ ଥିବା କେମିକାଲ ବହୁତ ସମୟ ଧରି ନିଶ୍ୱାସ ପ୍ରଶ୍ୱାସରେ ନେଲେ ବହୁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଯଥା ପେଟ, ଅନ୍ତ, ଲିଭର, କିଡନୀ ଏବଂ ହାର୍ଟକୁ କ୍ଷତି ପହଞ୍ଚାଇଥାଏ। ବେଳେ ବେଳେ ଏହାର ପରିମାଣ ଖୁବ ଭୟଙ୍କର ହୋଇଥାଏ। ସମୟ ପୂର୍ବରୁ ଯଦି ଏହାର ଚିକିତ୍ସା ନକରାଯାଏ ତ ସ୍ଥିତି ଗମ୍ଭୀର ହୋଇପାରେ। ଫିନାଇଲ ଆଖି ଏବଂ ତ୍ୱଚା ସଂସ୍ପର୍ଶରେ ଆସିଲେ ଜଳାପୋଡା ହେବା ସହ ଏହାର ଅଧିକ ବ୍ୟବହାର ଦୃଷ୍ଟିଶକ୍ତି ଚାଲିଯବାର ବହୁ ସମ୍ଭାବନା ରହିଛି। ଠିକ୍ ସେହିଭଳି ଏହା ନିଶ୍ୱାସ




ମାଧ୍ୟମରେ ଭିତରକୁ ଚାଲିଯାଏ ତ ନାକ, ଗଳା ଏବଂ ଫୁସ୍‌ଫୁସ୍‌ର ଭିତର ଅଂଶ ଜଳାପୋଡା ହୋଇପାରେ। ଫିନାଇଲକୁ ନେଇ ଆମର ମସ୍ତିଷ୍କ ଖୁବ୍ ସମ୍ବେଦନଶୀଳ। ଫିନାଇଲ୍ ଦ୍ୱାରା ହୃଦଘାତ ଏବଂ କୋମାକୁ ଚାଲିଯିବାର ସମ୍ଭାବନା ରହିଛି।

# ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** – ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ୍ୟ ଲାଭରୁ ଖୁସି ହେବେ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** – ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜାନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# ଓଡ଼ିଶାରେ ମାତୃଶକ୍ତି ଓ ଦୁର୍ଗାପୂଜା ପରମ୍ପରା

ଭାରତୀୟ ସଂସ୍କୃତିରେ ସର୍ବ ପ୍ରଥମେ ବୈଦିକ ଦୁର୍ଗାସୂତରେ ସୂକ୍ଷ୍ମଦୃଷ୍ଟିରେ ଦୁର୍ଗାଙ୍କର ମହିମା ବର୍ଣ୍ଣିତ । ଏହି ଦୁର୍ଗାସୂତ୍ରର ମନ୍ତ୍ର ପଠନ ଦ୍ୱାରା ସମସ୍ତ ଦୁଃଖ ଦୂରୀଭୂତ ହେବାସହ କୁପ୍ରବୃ ିର ବିନାଶ ହୋଇଥାଏ । ଉପନିଶଦ ମାନଙ୍କରେ ତୈ ରୀୟ ଆରଣ୍ୟକର ଯାନ୍ତ୍ରିକ ଉପନିଶଦରେ ପ୍ରଥମେ ଦୁର୍ଗାଙ୍କ ଗାୟତ୍ରୀ ମନ୍ତ୍ର ବିଷୟରେ ସୂଚନା ଦିଆଯାଇଛି । ମହଞ୍ଜୋଦାର ଓ ହର୍‌ପ୍ପାର ପ୍ରତ୍ନତା ି୍ୱକ ଖନନରୁ ମାତୃଶକ୍ତି ଉପାସନା ସମ୍ବନ୍ଧରେ ଯଥେଷ୍ଟ ପ୍ରମାଣ ମିଳିଛି । ବହୁ ପ୍ରସ୍ତର ନିର୍ମିତ ନାରୀମୂ ି, ଦେବୀ ମୂ ି ଓ ଚକ୍ରାକାର ପ୍ରସ୍ତର ସମୂହରୁ ସେ ସମୟରେ ମାତୃଶକ୍ତି ଉପାସନା ସମ୍ପର୍କରେ ବହୁ ତଥ୍ୟର ଆଭାସ ମିଳେ । ସେହି ଦ୍ରାବିଡ଼ ସଭ୍ୟତାର ଉନ୍ମେଷ ସମୟରେ ପ୍ରାଚୀନ ଓଡ଼ିଶାର ମୁଖ୍ୟତଃ କଳିଙ୍ଗ, ଉତ୍କଳ ଓ ଉଡ୍ରଦେଶ ପରି ଏହିପରି ତିନିଗୋଟି ଭୂଖଣ୍ଡରେ ବିଭକ୍ତ ଥିଲା । ସାଧାରଣତଃ କଟକ, ପୁରୀ, ବାଲେଶ୍ୱର, ମୟୂରଭଞ୍ଜ, ଫୁଲବାଣୀ ଓ ସିଂହଭୂମକୁ ଉଡ୍ରଦେଶ ଭାବେ ବୁଝାଯାଉଥିଲା । ଗଞ୍ଜାମ, କୋରାପୁଟ ଓ ତତ୍କାଳୀନ ସୀମାନ୍ତବ ୀ ବିଜୟନଗରମ୍ ଇତ୍ୟାଦି ଅ ଳକୁ କଳିଙ୍ଗ କୁହାଯାଉଥିବାବେଳେ ଅବଶିଷ୍ଟ ଅ ଳକୁ ଉତ୍କଳ କୁହାଯାଉଥିଲା । ଶକ୍ତି ସଙ୍ଗମ ତନ୍ତ୍ରରେ କଳିଙ୍ଗ ଓ ଉତ୍କଳର ନାମଲିପିବଦ୍ଧ ।

ଖ୍ରୀଷ୍ଟ ପୂର୍ବ ତୃତୀୟ ଶତାବ୍ଦୀରୁ ଦ୍ରାବିଡ଼ ସଭ୍ୟତାର ଉନ୍ମେଷ ସମୟରେ ଓଡ଼ିଶାରେ ପ୍ରାଚୀନ ଶବରିତନ୍ତ୍ର ଅନୁଯାୟୀ ମାତୃଶକ୍ତି ଉପାସନା ଆରମ୍ଭ ହୋଇଥିଲା । କିମ୍ବଦନ୍ତୀରୁ ଜଣାଯାଏ ଯେ ଏହି ଉଡ୍ରଦେଶରେ ଏହି ପ୍ରାଚୀନ ଶବରୀତନ୍ତ୍ର ମତରେ ଶବର ରାଜା ବିଶ୍ୱାବସୁ ନୀଳମାଧବଙ୍କୁ ପୂଜା କରୁଥିଲେ ଓ ଶବରୀ କନ୍ୟା ଲଳିତା ଥିଲେ ତାଙ୍କ ସହାୟିକା । ଶବରୀତନ୍ତ୍ରରେ ଯେଉଁ ପତ୍ରମାଳିନୀ ବନଦେବୀଙ୍କୁ ପ୍ରାଚୀନ ଉତ୍କଳରେ ଉପାସନା କରାଯାଉଥିଲା ପରବ ୀ ପୁରାଣ ଓ ତନ୍ତ୍ର ଯୁଗରେ ସେହି ଦେବୀଙ୍କୁ ବନଦୁର୍ଗାରୂପେ ଉପାସନା କରାଯାଇଥିଲା । ଯାହାପାଇଁ ପ୍ରାଚୀନ ପତ୍ରମାଳିନୀ ଦେବୀଙ୍କ ପରିବ େ ଦ୍ୱିଭୂଜା, ଚର୍ତୁଭୂଜା ଓ ଅଷ୍ଟଭୂଜା ପ୍ରଭୃତି ଦେବୀ ମୂ ିଙ୍କର ରୂପ ଓ ଆୟୁଧ କଳ୍ପନା କରାଯାଇଥିଲା । ଏଣୁ ଶବରୀତନ୍ତ୍ରର ବନଦେବୀ ହିଁ ଓଡ଼ିଶାର ପ୍ରାଚୀନ ବନଦୁର୍ଗା ରୂପେ ପ୍ରଥମେ ଆର୍ବିଭୂତା ହୋଇଥିଲେ । ଓଡ଼ିଶାର ପୁରପଲ୍ଲୀରେ ବନଦୁର୍ଗାଙ୍କୁ ପ୍ରସ୍ତର ବା କାଷ୍ଠସ୍ତମ୍ଭରେ ଉପଲବ୍ଧି କରାଯାଇ ସ୍ତମ୍ଭେଶ୍ୱରୀ ରୂପେ ଗ୍ରାମଦେବୀ ଉପାସନା ବହୁଳ ଭାବରେ ପ୍ରଚଳିତ ହୋଇଥିଲା । ପ୍ରତ୍ୟେକ ମାଙ୍ଗଳିକ କାର୍ଯ୍ୟର ଆରମ୍ଭରେ ଯେଉଁ ଦିଅଁ ମଙ୍ଗୁଳା କରାଯାଏ ତାହା ହିଁ ସର୍ବପ୍ରାଚୀନ ଦୁର୍ଗାପୂଜା ବା ଦେବୀପୂଜା ରୂପେ ଓଡ଼ିଶାର ସାଂସ୍କୃତିକ ପରମ୍ପରାରେ ଗୃହୀତ ହୋଇଛି । ଗ୍ରାମଦେବୀ ହିଁ ବନଦୁର୍ଗାଙ୍କ ସ୍ୱରୂପରେ ଉପାସିତା । ବୌଦ୍ଧ ସିଧାଚାର୍ଯ୍ୟମାନଙ୍କ ସାହିତ୍ୟରେ ଶବରସିଦ୍ଧାଚାର୍ଯ୍ୟ, ସରହପା ଓ ସରରୀପା ପ୍ରଭୃତି ନାମର ଉଲ୍ଲେଖ ରହିଛି । ସେ ସମୟରେ ବ୍ରାହ୍ମଣ୍ୟତନ୍ତ୍ର ମୁଖ୍ୟତଃ ମାତୃରୂପୀ ଗାୟତ୍ରୀ ଶକ୍ତିଙ୍କର ଆବାହନା କରି ବୈଦିକ ମାର୍ଗରେ ବ୍ରହ୍ମଶକ୍ତିଙ୍କର ଉପାସନା ପାଇଁ ଉଦ୍ଦିଷ୍ଟ ଥିଲା । ମାର୍କଣ୍ଡେୟ ପୁରାଣ ଅନ୍ତର୍ଗତ ସପ୍ତଶତୀ ଶ୍ରୀଚଣ୍ଡୀ ମହାତ୍ମ୍ୟର ପୃଷ୍ଠଭୂମିରେ ବ୍ରାହ୍ମଣତନ୍ତ୍ରର ସର୍ବପ୍ରାଚୀନ ମହୀଷାମର୍ଦ୍ଦିନୀ ଦୁର୍ଗା ରୂପେ ଯାଜପୁର ଠାରେ ବିରଜାଙ୍କର ଆର୍ବିଭାବ ହୋଇଥିଲା । ଓଡ଼ିଶାରେ ସର୍ବପ୍ରଥମ ଦ୍ୱିଭୂଜା ମହିଷାମର୍ଦ୍ଦିନୀ ଦୁର୍ଗାରୂପେ ବିରଜାଙ୍କୁ ଗ୍ରହଣ କରାଯାଏ ।

ଓଡ଼ିଶାରେ ବ୍ରାହ୍ମଣ୍ୟତନ୍ତ୍ରର ପ୍ରଭାବ ଫଳରେ ଗୁପ୍ତଯୁଗର ଦଶମହାବିଦ୍ୟା ତ ୍ୱର ଅନୁକରଣରେ ଦୁର୍ଗାଙ୍କର ଦଶବିଧ ମୌଳିକ ରୂପକୁ ନେଇ ଶାକ୍ତମାନେ କୌଳାଚାର ମତ ପ୍ରବ ିନ କରିଥିଲେ । ପ୍ରତ୍ୟେକ ମହାବିଦ୍ୟା କେତେକ ନିର୍ଦ୍ଦିଷ୍ଟ ପଦ୍ଧତି, ପୁବନ, ବର୍ଣ୍ଣ, ପଦ, ଶବ୍ଦ, ମନ୍ତ୍ର, ଯନ୍ତ୍ର, ପଟଳ, କବଚ, କୀଳକ, ସ୍ତୋତ୍ର ଓ ହୃଦୟ ମାଧ୍ୟମରେ ଦେବୀଙ୍କୁ ଉପାସନା କରିବା ପାଇଁ ପ୍ରବ ିତ ହୋଇଥିଲା । ଏହା କୁଳ କୁଣ୍ଡଳିନୀ ଶକ୍ତି ଜାଗରଣ ପାଇଁ ଏକ ବଳିଷ୍ଠ ମାଧ୍ୟମ ଥିଲା । ନାଦ, ବିନ୍ଦୁ ରୂପେ ଶିବ ଓ ଶକ୍ତିଙ୍କୁ ସାଧନାରେ ଉପଲବ୍ଧି କରି ସିଦ୍ଧି ଲାଭ କରାଯାଇଥାଏ । ସ୍ୱର ଓ ବ୍ୟଞ୍ଜନ ଅକ୍ଷରକୁ ମାତୃକା ରୂପେ ଗ୍ରହଣ କରି ବିଭିନ୍ନ ଚକ୍ରରେ ସେହି ଶକ୍ତିଙ୍କୁ ଜାଗ୍ରତ କରିବା ଦ୍ୱାରା କୁଣ୍ଡଳିନୀ ଶକ୍ତି ପ୍ରକାଶିତ ହୋଇଥାନ୍ତି । ଏହି କୌଳାଚାରପୂଜା ଦ୍ୱାରା ସମଗ୍ର ବିଶ୍ୱକୁ ଶ୍ରୀ ଚକ୍ର ମଧ୍ୟରେ ଅନୁଭବ କରାଯାଏ । ସପ୍ତମ ଶତାବ୍ଦୀ ବେଳକୁ ପ୍ରାଚୀନ ଓଡ଼ିଶାରେ ମାତୃଶକ୍ତି ପରମ୍ପରାର ବ୍ୟାପକତା ବୃଦ୍ଧି ପାଇଥିଲା । ପୌରାଣିକ ଦୁର୍ଗାଙ୍କୁ 'ଶ୍ରୀ ଶ୍ରୀ ଚଣ୍ଡୀ' ପୁରାଣରେ ଯେଉଁ ସବୁ ରୂପ, ମୂ ିକଳ୍ପନା ଓ ଆୟୁଧ ସହିତ ବର୍ଣ୍ଣନା କରାଯାଇଥିଲା, ଭୌମକର ରାଜବଂଶର କୀ ିଗୁଡ଼ିକରେ ତାହାକୁ ସର୍ବ ପ୍ରଥମେ ବିଭିନ୍ନ ମନ୍ଦିର ମଧ୍ୟରେ ଓ ମନ୍ଦିର ବାହାରେ ଜୀବନ୍ତ ଭାବରେ ରୂପାୟିତ କରାଯାଇଥିଲା । ବାସ୍ତବରେ ତୈତରୀୟ ଉପନିଷଦରେ ବର୍ଣ୍ଣିତ 'ଦୁର୍ଗୀ' କିମ୍ବା 'ଶ୍ରୀ ଶ୍ରୀ ଚଣ୍ଡୀ'ରେ ବର୍ଣ୍ଣିତ ଚାମୁଣ୍ଡା, ସପ୍ତମାତୃକା, ନବଦୁର୍ଗା କିମ୍ବା ଶବରୀତନ୍ତ୍ରର 'ବନଦୁର୍ଗା'ଙ୍କୁ ଏହି ସପ୍ତମ/ଅଷ୍ଟମ ଶତାବ୍ଦୀରେ ଓଡ଼ିଶାରେ ବିଭିନ୍ନ ଶକ୍ତିପୀଠ, ସହର, ଗ୍ରାମ ପ୍ରଭୃତିରେ ବହୁଳ ଭାବରେ ପ୍ରତିଷ୍ଠା କରାଯାଇଥିଲା । ଅବଶ୍ୟ ସେତେବେଳକୁ ଯାଜପୁରର ବିରଜା ଓ ପୁରୀର ବିମଳା ମୁଖ୍ୟ ଶକ୍ତି ରୂପେ ଉପାସିତା ହୋଇସାରିଥିଲେ । କିନ୍ତୁ ଦୁର୍ଗାପୂଜାର କ୍ରମବିକାଶରେ ଏହି ଭୌମକର ରାଜବଂଶର ଶକ୍ତି ଉପାସକ ରାଜା ଓ କେତେକ ରାଣୀମାନଙ୍କର ଅବଦାନ ଅବିସ୍ମରଣୀୟ ।

ସହକାରୀ ପ୍ରଫେସର, ଶରୀରତ ୍ୱ ବିଭାଗ, ଶ୍ରୀରାମଚନ୍ଦ୍ରଭଞ୍ଜ ମେଡ଼ିକାଲ କଲେଜ, କଟକ, ଦୂରଭାଷ : ୮୨୪୯୭୯୯୦୬

# ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି । ଏହା ମୋଟ ୯୦ରୁ ଅଧିକ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି । ବର୍ତମାନର ବିକଶିତ ବଜାରଗୁଡ଼ିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧାନର ଅଂଶବିଶେଷ । ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡ଼ିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପର୍ଶ୍ଚିମ ବଙ୍ଗରେ ଅବସ୍ଥିତ । ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍‌ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲ୍‌ସ ସାମିଲ ରହିଛି । ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍‌ସ୍ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ । ବର୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ୍ୟ ହାସଲ କରୁଛୁ । ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ । ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫରମାନ ଘୋଷଣା କରିଛି । ଏହି ଅଫରଗୁଡ଼ିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି । ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋରଗୁଡ଼ିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି । ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ୍ୟ ଘୋଷଣା କରାଯାଇଛି । ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି । ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି । ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି । ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗ୍‌ମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି । ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲ୍‌ଭର ରୁଫ୍ ଏବଂ ସିଲ୍‌ଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ । ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି ।

# ଆପାହାତୁ ରେଳ ସାଇଡିଂର ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଳହରି ସରପ ବାଟ ମାରଣା କରିଥିବା ଅଭିଯୋଗ ହୋଇଛି । ଜଳହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍‍ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଳହରି ଗ୍ରାମ ପ ାୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ । କମ୍ପାନୀ କର୍ତୃପକ୍ଷ ସ୍ଥାନୀୟ ସରପ , ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍‍ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା । ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍‍ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପ ଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା । ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପ ଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ । ମାତ୍ର ସରପ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ । ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍‍ୟାକ୍ ପରିବହନ ହୋଇଛି । ଏହି ପରିବହନ ହୋଇଥିବା ର୍‍ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବା ିନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି । ଜୁରୁଡି ଅଂଚଳର ବିଶିଷ୍ଟ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି । ଏ ସମ୍ପର୍କରେ ଶ୍ରମିକ ନେତା ଜଳହର ସରପ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି । ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପ ଏହାକୁ ଅଣଦେଖା କରୁଥିବା କହିଛନ୍ତି । ସ୍ଥାନୀୟ ସରପ ମିତା ମୁଣ୍ଡା, ପୂର୍ବତନ ସରପ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ଜଳହରି ସରପ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଳହରି ସରପ ଇଂ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି ।

# କମ୍ପାକ୍ଟ ଏସ୍‌ୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜାର ୫.୫ ଲକ୍ଷ ବିକ୍ରି ସହ ଅଗ୍ରଣୀ ସ୍ଥାନ ଅଧିକାର

ଭୁବନେଶ୍ୱର: ଭାରତର ଏକ ନମ୍ବର ଏସୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜା ମାତ୍ର ୪.୫ ବର୍ଷର କମ୍ ସମୟ ଭିତରେ ୫.୫ ଲକ୍ଷ ବିକ୍ରି ଉତ୍ସବ ପାଳନ କରିଛି । ବର୍ତମାନ ସୁଦ୍ଧା ଯେକୌଣସି କମ୍ପାକ୍ଟ ଏସୟୁଭି ପାଇଁ ଏହି ସଫଳତା ଦ୍ରୁତତମ । ୨୦୧୬ ଆଦ୍ୟ ଭାଗରେ ଉନ୍ମୋଚିତ ହୋଇଥିବା ଭିଟରା ବ୍ରିଜା କମ୍ପାକ୍ଟ ଏସ୍‌ୟୁଭି କ୍ଷେତ୍ରରେ ଏହାର ଗ୍ଲାମରସ୍ ଲୁକ୍ ସହିତ ବିପ୍ଳବ ଆଣିଥିଲା ଯାହା ପୂର୍ବରୁ ଏହି କ୍ଷେତ୍ରରେ ଦେଖିବାକୁ ମିଳୁନଥିଲା । ଲୁକ୍, ପ୍ରଦର୍ଶନ ଏବଂ ଚଲାଇବାରେ ସହଜତା ଦୃଷ୍ଟିରୁ ଏକ ସମ୍ପୂର୍ଣ୍ଣ ପ୍ୟାକେଜ୍ ଭାବେ ଏହା ଗ୍ରାହକ ଏବଂ କ୍ରିଟିକ୍ (ସମାଲୋଚକ) ପ୍ରଶଂସା ତୁରନ୍ତ ପାଇଥିଲା । ଉତ୍ପତି ସମୟରୁ ବ୍ରାଣ୍ଡ ଭିଟାରା ବ୍ରିଜାକୁ କମ୍ପାକ୍ଟ ଏସ୍‌ୟୁଭି ଗ୍ରାହକମାନଙ୍କ ସ୍‌ବତନ୍ତ୍ର ଜୀବନଶୈଳୀକୁ ବିଚାରକୁ ନେଇ ସେମାନଙ୍କ ଉଦୀୟମାନ ଆବଶ୍ୟକତା ଅନୁସାରେ ଡିଜାଇନ୍ କରାଯାଇଥିଲା । ଗ୍ରାହକମାନଙ୍କ ଆବଶ୍ୟକତାରେ ହେଉଥିବା ଦ୍ରୁତ ପରିବର୍ତନ ପ୍ରତି ପ୍ରତିକ୍ରିୟା ପ୍ରଦାନ କରି ସମ୍ପୂର୍ଣ୍ଣ ନୂଆ ଭିଟାରା ବ୍ରିଜାକୁ ୨୦୨୦ ଅଟୋ ଏକ୍ସପୋରେ ସତେଜ ଭାବେ ଉପସ୍ଥାପନ କରାଯାଇଥିଲା । ଏବେ ଏଥିରେ ସୁଦୃଢ଼ ଏବଂ ଶକ୍ତିଶାଳୀ ୪ ସିଲିଣ୍ଡର ୧.୫ ଲିଟର କେ-ସିରିଜ୍ ବିଏସ୍‌୬ ପେଟ୍ରୋଲ୍ ଇଞ୍ଜିନ ରହିଛି, ସବୁଠୁ ଅଧିକ ପୁରସ୍କାର ପାଇଥିବା ଏହି କମ୍ପାକ୍ଟ ଏସ୍‌ୟୁଭି ଅତୁଳନୀୟ ଗାଡ଼ି ଚାଳନା ଅନୁଭୂତି ପ୍ରଦାନକରିବା ପାଇଁ ଶକ୍ତି, ସ୍ପୋର୍ଟିନେସ୍ ଓ ସହଜତାର ଏକ ସମ୍ପୂର୍ଣ୍ଣ ସମିଶ୍ରଣ ପ୍ରଦାନ କରୁଛି । ଭିଟାରା ବ୍ରିଜାର ଏକ ନିର୍ଦ୍ଦିଷ୍ଟ ଲାଭ ହେଉଛି ଏହାର ହୁଡ୍ ତଳେ ଏକ ବଡ଼, ପ୍ରତିକ୍ରିୟାଶୀଳ ଓ ପେପି ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ରହିଛି । ଗ୍ରାହକମାନେ ଚାହିଦା ସମୟରେ ଆକର୍ଷଣୀୟ ମାର୍ଜିତ ଏବଂ ଅତୁଳନୀୟ ଶକ୍ତି ପାଇପାରିବେ । ଏହି ସଫଳତା ସମ୍ପର୍କରେ ଶ୍ରୀଯୁକ୍ତ ଶଶାଙ୍କ ଶ୍ରୀବାସ୍ତବ, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ମାର୍କେଟିଂ ଓ ସେଲସ୍), ମାରୁତି ସୁଜୁକି ଇଣ୍ଡିଆ ଲିମିଟେଡ୍ କହିଛନ୍ତି ଯେ, "ଏହା ଉନ୍ମୋଚନ ହେବା ପରଠାରୁ କମ୍ପାକ୍ଟ ଏସ୍‌ୟୁଭି ବର୍ଗରେ ଏହାର ଦବଦବା ରହିଛି । ଏକ ଧାରା ସୃଷ୍ଟିକାରୀ ଭାବେ ଏହାର ଦୃଢ଼ ଡିଜାଇନ୍ ଭାଷା, ଶକ୍ତିଶାଳୀ ପ୍ରଦର୍ଶନ ଏବଂ ସ୍ପୋର୍ଟି ଚରିତ୍ର ପାଇଁ ଏହା ଏସୟୁଭି ଗ୍ରାହକଙ୍କ ଅଭିଳାଷ ସହ ଯୋଡ଼ିହୋଇଯାଇଛି । ଏହା ଶୀଘ୍ର ସବୁଠୁ ଅଧିକ ପୁରସ୍କାରପ୍ରାପ୍ତ କମ୍ପାକ୍ଟ ଏସ୍‌ୟୁଭିରେ ପରିଣତ ହେବା ସହ ବିକ୍ରି ସାରଣୀରେ ଦବଦବା ବଜାୟ ରଖିଥିଲା । ଶକ୍ତିଶାଳୀ ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ଉପସ୍ଥାପନ କରାଯିବା ସହ ଅନେକ ସଂଖ୍ୟକ ଡିଜାଇନ୍ ଅପ୍‌ଡେଟ୍‌କୁ ନେଇ ଭିଟାରା ବ୍ରିଜା ଗ୍ରାହକମାନଙ୍କୁ ଆହୁରି ଉଲ୍ଲସିତ କରିଛି ଏବଂ ଏହି କ୍ଷେତ୍ରରେ ନିଜର ସ୍ଥିତିକୁ ଆହୁରି ସୁଦୃଢ଼ କରିପାରିଛି । ୫.୫ ଲକ୍ଷ ବିକ୍ରି ମାଇଲଖୁଂଟ ସହ ଭିଟାରା ବ୍ରିଜା ହେଉଛି ନିରନ୍ତର ଭାବେ ନବସୃଜନ ପାଇଁ ଆମ ଉଦ୍ୟମର ଶ୍ରେଷ୍ଠ ସ୍ୱୀକୃତି ଏବଂ ପ୍ରଚଳିତ ଗ୍ରାହକ ପସନ୍ଦ ଏବଂ ବଜାର ଧାରା ଅନୁସାରେ ଏହା ମାରୁତି ସୁଜୁକିର ଉତ୍ପାଦ ପୋର୍ଟଫୋଲିଓକୁ ଆହୁରି ସୁଦୃଢ଼ କରିପାରିଛି ।''

# କ୍ରସରରେ ଚାପିହୋଇ ଜଣେ ଶ୍ରମିକ ମୃତ, ଅନ୍ୟ ଜଣେ ଗୁରୁତର

ଧର୍ମଶାଳା,(ପିଏନ୍): ଧର୍ମଶାଳା ତହସିଲ ଜେନାପୁର ଥାନା ଅ'ର୍ଗତ ରହାଡପୁରସ୍ଥିତ ଏକ କ୍ରଶର୍ ରେ କାମ କରୁଥିବା ବେଳେ ଅଘଟଣ ଘଟି ଜଣେ ଶ୍ରମିକ ଙ୍କ ମୃତ୍ୟୁ ଘଟିଥିବା ବେଳେ ଜଣେ ଗୁରୁତର ଆହତ ହୋଇଥିବା ଜଣାପଡିଛି । ମୃତ ଶ୍ରମିକ ଜଣକ ପର୍ଶ୍ଚିମବଙ୍ଗ ବାଙ୍କୁଡା ଜିଲ୍ଲା ଖଜୁରିଆ ଗ୍ରମର ଶ୍ୟମଚରଣ ହଂସଦା (୪୫) ଓ ଆହତ ଜଣକ ସେହି ଗ୍ରାମର ଅନିଲ ସୋରେନ (୩୨) ବୋଲି ଜଣାପଡିଛି ସୂଚନା ମୁତାବକ ରହାଡପୁର ରେ ଥିବା ଶିବଶକ୍ତି ମେଗା କ୍ରାସର ରେ ଆଜି ସକାଳୁ ଶ୍ରମିକମାନେ କାମ କରୁଥିବା ବେଳେ ଅସାବଧାନତା ବସତ କ୍ରଶର ଚକରେ ଚାପି ହୋଇ ଜଣକର ମୃତ୍ୟୁ ଘଟିଥିବା ବେଳେ ଆନ୍ୟ ଜଣେ ଶ୍ରମିକ ଗୁରୁତର ଆହତ ହୋଇଥିଲେ । ଦୁର୍ଘଟଣାରେ ଆହତ ଶ୍ରମିକଙ୍କୁ ସ୍ଥାନୀୟ ଶ୍ରମିକମାନେ ଉଦ୍ଧାର କରି ବଡଚଣା ଡାକ୍ତରଖାନାରେ ଭର୍ତି କରିଥିଲେ । ଅବସ୍ଥା ଗୁରୁତର ହେବାରୁ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଛି । ଘଟଣାସ୍ଥଳରେ ମୃତ୍ୟୁ ଘଟିଥିବା ଶ୍ରମିକର ମୃତଦେହକୁ କ୍ରଶର ପରିଚାଳନା ଦାୟିତ୍ୱରେ ଥିବା କର୍ମଚାରୀ ଏକ ମହେନ୍ଦ୍ର ପିକଅପଭ୍ୟାନରେ ଉଠିକରି ମୃତକର ଶବ କୁ ଅନ୍ୟତ୍ର ନେଇଯାଉଥିବା ବେଳେ ଶବକୁ ଗାଏବ୍ କରିବା ଅଭିଯୋଗ କରି ସ୍ଥାନୀୟ ଲୋକେ ସମ୍ପାରୁ ଛକରେ ମୃତ ଦେହକୁ ଅଟକ ରଖି ରାସ୍ତା ରୋକ କରିଥିଲେ । ଫଳରେ ସେଠାରେ କିଛି ସମୟ ପାଇଁ ଚାପା ଉତେଜନା ପ୍ରକାଶ ପାଇଥିଲା । ଖବର ପାଇ ଘଟଣା ସ୍ଥଳରେ ଯାଜପୁର ରୋଡ ଏସଡିଓ ସୟ କୁମାର ପଟ୍ଟନାୟକ, ବଡ଼ଚଣା ଥାନା ଅଧିକାରୀ ଶରତ କୁମାର ପାତ୍ର, ଧର୍ମଶାଳା ଥାନା ଅଧିକାରୀ ତପନ କୁମାର ନାୟକ, ଜେନାପୁର ଥାନା ଅଧିକାରୀ ଶୁଭେନ୍ଦୁ କୁମାର ସାହୁଙ୍କ ସମେତ ଥାନା କର୍ମଚାରୀମାନେ ସେଠାରେ ଉପସ୍ଥିତ ରହି ଲୋକଙ୍କୁ ବୁଝାଶୁଝା କରିଥିଲେ । ମୃତକର ପରିବାରକୁ ୫୦ ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବା ସହ ବେଆଇନ କ୍ରଶର ଗୁଡିକୁ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିବା ସହ ଗ୍ରାମବାସିମାନେ ଲିଖିତ ଆକାରରେ ପୁଲିସ ନିକଟରେ ଅଭିଯୋଗ କରିଥିଲେ । ତେବେ ମୃତକର ପରିବରକୁ କ୍ଷତିପୂରଣ ପ୍ରଦାନ ସହିତ ବେଆଇନ କ୍ରଶର ଗୁଡିକ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ପାଇଁ ତହସିଲଦାରଙ୍କୁ ଅବଗତ କରାଯିବା ନେଇ ପୁଲିସ ପକ୍ଷରୁ ପ୍ରତିସୃତି ମିଳିବା ପରେ ଲୋକେ ଶବକୁ ଛାଡିବା ସହିତ ରାସ୍ତାରୋକରୁ ହଟିଥିଲେ । ଏନେଇ ଜେନାପୁର ପୁଲିସ ଏକ କେଶ ରୁଜୁ କରି ମୃତଦେହକୁ ଜବତ କରି ବ୍ୟବଚ୍ଛେଦଲାଗି ପଠାଇବା ସହ ତଦନ୍ତ ଚଳାଇଛି ।

# କ୍ୟାନନ ଇଣ୍ଡିଆ ଗ୍ରାହକଙ୍କ ପାଇଁ ଆକର୍ଷଣୀୟ ନୂଆ ଅଫର ସହିତ ଉତ୍ସବରେ ଉଲ୍ଲାସ ଭରିଛି

ଭୁବନେଶ୍ୱର: ଚଳିତ ବର୍ଷ ଉତ୍ସବକୁ ପାଳନ କରିବା ଲାଗି ପ୍ରସ୍ତୁତ ହେବା ଏବଂ ଗ୍ରାହକମାନଙ୍କୁ ଉଲ୍ଲସିତ କରିବା ଲାଗି ପ୍ରତିବଦ୍ଧ କ୍ୟାନନ ଇଣ୍ଡିଆ ପକ୍ଷରୁ ଏହି ଉତ୍ସବ ଋତୁରେ ଖୁସିକୁ ଦ୍ୱିଗୁଣିତ କରିବା ଲାଗି ଅନେକ ଗ୍ରାହକ କୈନ୍ଦ୍ରୀକ ଅଫର ଓ ସୁବିଧା ଘୋଷଣା କରାଯାଇଛି । ଏହି ଉତ୍ସବ ଋତୁରେ ଫଟୋଗ୍ରାଫି ସଂସ୍କୃତିର ପ୍ରସାର କରିବା ଏବଂ ଫଟୋଗ୍ରାଫି ପ୍ରେମୀଙ୍କ ମଧ୍ୟରେ ଉତ୍ସାହକୁ ଜାଗ୍ରତ କରିବା ଲାଗି କ୍ୟାନନ ଇଣ୍ଡିଆ ପକ୍ଷରୁ ଏହାର ଇମେଜିଂ ଉତ୍ପାଦ ଉପରେ ଆକର୍ଷଣୀୟ ଅଫର ଘୋଷଣା କରାଯାଇଛି । ରଙ୍ଗଝ ଗ୨୦୦,କିଣା ଉପରେ ଗ୍ରାହକମାନେ ୭୯୯୯/ୟୁ ମୂଲ୍ୟର ବ୍ଲୁପଙ୍କଟ ଇୟରବଡ ବିନା ମୂଲ୍ୟରେ ପାଇବେ ଏବଂ ଏହି ରିଡିଫଂସନ ଭିତିକ ଅଫର ୨୦୨୦ ଅକ୍ଟୋବର ପର୍ଯ୍ୟନ୍ତ ବୈଧ ରହିବ । ପୁନଶ୍ଚ, ଗ୍ରାହକମାନେ ବର୍ଦ୍ଧିତ ୩ ବର୍ଷର ୱ୍ୱାରେଂଟି ଉପଭୋଗ କରିବେ ଯାହା କ୍ୟାନନର ସମସ୍ତ ଫୁଲ ଫ୍ରେମ କ୍ୟାମେରାରେ ଉପଲବ୍ଧ ହୋଇଛି । ଏହି ଦୁର୍ଗାପୂଜା ଓ ନବରାତ୍ରୀ ପାଳନକୁ ଅଧିକ ଉଲ୍ଲାସର ସହ ପାଳନ କରି ବ୍ରାଣ୍ଡ ପକ୍ଷରୁ କ୍ୟାନନ ସହିତ ଗ୍ରାହକଙ୍କ ସପିଂ ଅନୁଭୂତି ବଢ଼ାଇବା ଲାଗି ସେମାନଙ୍କୁ ଆକର୍ଷଣୀୟ ଇଏମଆଇ ଓ କ୍ୟାସବ୍ୟାକ ଅଫର ପ୍ରଦାନ କରାଯାଉଛି । ଏହି ଆକର୍ଷଣୀୟ ଅଫରକୁ ଉନ୍ମୋଚନ କରି ଶ୍ରୀଯୁକ୍ତ କାଜୁଟାଡା କୋବାୟାସି, ସଭାପତି ଓ ସିଇଓ, କ୍ୟାନନ ଇଣ୍ଡିଆ କହିଛନ୍ତି ଯେ, ଝକ୍ତଙ୍କକ୍ଷ୍ଣ;କୋଭିଡ-୧୯ ପାଇଁ ଚଳିତ ବର୍ଷ ସାରା ବିଶ୍ୱର ବ୍ୟକ୍ତିବିଶେଷ ଓ ସଂସ୍ଥାଗୁଡ଼ିକ ଅଭାବନୀୟ ସ୍ଥିତି ସାମ୍ନା କରିଛନ୍ତି, ମାତ୍ର ଦୃଢ଼ ଭାବେ ଉଭା ହେବା ପାଇଁ ଆମେ ସମସ୍ତେ ସହନଶୀଳତା ଓ ଇଚ୍ଛାଶକ୍ତି ପ୍ରଦର୍ଶନ କରିଛୁ ।ଉତ୍ସବ ଋତୁ ପାଖେଇ ଆସିଥିବା ବେଳେ ଚର୍ତୁପାର୍ଶ୍ୱରେ ଖୁସି ବାଂଟିବା ପାଇଁ ଓ ମାନବିକତା ଓ ଏକତ୍ୱର ଭାବ ପାଳନ କରିବା ଲାଗି ଏହା ସମସ୍ତ ପାଇଁ ଏକ ଅବସର । ଯଦିଓ ଚଳିତ ବର୍ଷର ଉତ୍ସବ ପାଳନ କ୍ଷୁଦ୍ର ଆକାରରେ ହେବ, ମାତ୍ର ଆମକୁ ଉପସ୍ଥାପନ କରାଯାଉଥିବା ମୁହୂର୍ତଗୁଡ଼ିକୁ ପାଳନ କରିବା ଅଧିକ ଗୁରୁତ୍ୱପୂର୍ଣ୍ଣ । ଏହି ଉତ୍ସବ ଋତୁରେ ଆମର ଅଫର ଏବଂ ଅଧିକ ସୁବିଧା ଜରିଆରେ ଆମେ ଗ୍ରାହକଙ୍କ ମନରେ ଖୁସି ଆଣିବା ଏବଂ ସେମାନଙ୍କ ଉଲ୍ଲାସକୁ ଦ୍ୱିଗୁଣିତ କରିବାରେ ପ୍ରମୁଖ ପ୍ରତ୍ୟକ୍ଷ ଭୂମିକା ନିର୍ବାହ କରିବାକୁ ଚାହୁଁଛୁ । ଗ୍ରାହକଙ୍କ ଉଲ୍ଲାସ ନେଇ ରହିଥିବା ଆମର ଦର୍ଶନ ଅନୁସାରେ ଆମେ ବାସ୍ତବରେ ବିଶ୍ୱାସ କରୁଛୁ ଯେ ଜଣେ ଖୁସି ଗ୍ରାହକ ବ୍ରାଣ୍ଡର ଉଲ୍ଲେଖନୀୟ ବୃଦ୍ଧି କରିଥାନ୍ତି । ଆମର ସର୍ବଭାରତୀୟ ଅଭିଯାନ ଓ ବ୍ୟକ୍ତିଗତ ସୁହାଇବା ଭଳି ଅଫର ଜରିଆରେ ଆମେ ଆମର ଉତ୍ପାଦ ଜରିଆରେ ବଜାରକୁ ଅଧିକ୍ ବରାନ୍ୱିତ କରିବା ଏବଂ ଆମର ଅଭିବୃଦ୍ଧିକୁ ବର୍ଷ ଶେଷସୁଦ୍ଧା ବାଢାଇବାକୁ ଆଶା ରଖୁଛୁ । ଏହି ଅଫରଗୁଡ଼ିକ କ୍ୟାମେରା ଠାରୁ ଆଗକୁ ବଢ଼ି ପ୍ରିଂଟର ବର୍ଗରେ ମଧ୍ୟ ପ୍ରଦାନ କରାଯାଉଛି ।

# କାସ୍‌ଭି ଖଣିର ପରିବହନ କାର୍ଯ୍ୟ ବନ୍ଦ କଲେ ଟ୍ରକ୍ ମାଲିକ ସଂଘ

ଯୋଡା, ୨୩/୧୦(ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଜରିବାହାଲ ସ୍ଥିତ କାସ୍‌ଭି ଖଣିରେ କେତେକ ଦାବିକରି ଜୁରୁଡି ଟ୍ରକ ମାଲିକ ସଂଘ ପକ୍ଷରୁ ପରିବହନ କାର୍ଯ୍ୟକୁ ଶୁକ୍ରବାର ବନ୍ଦ କରିଦିଆଯାଇଛି । ନୂତନ ଲିଜ୍ ପାଇଥିବା କାସ୍‌ଭି ଇ ରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍ କମ୍ପାନୀ ନିଜର ଖଣିଜ ପରିବହନ ପାଇଁ ବାହର ଅଂଚଳର ଭାରିଯାନ ଆଣି ସ୍ଥାନୀୟ ସଂଘର ଗାଡିକୁ ସଂଘରେ ଥିବା ଗାଡିମାନଙ୍କୁ କାର୍ଯ୍ୟ ଦେଉନଥିବା ଅଭିଯୋଗ କରି ଜୁରୁଡି ଟ୍ରକ୍‌ମାଲିକ ସଂଘ ପକ୍ଷରୁ ଧାରଣା ଦିଆଯାଇଥିଲା । ଦୀର୍ଘ ୧୧ ଦିନ ଧାରଣା ଦିଆଯାଇଥିଲେ ହେଁ କମ୍ପାନୀ ପକ୍ଷରୁ ସମାଧାନ ଶୁଣାଣି ନହେବାରୁ ସଂଘ ପକ୍ଷରୁ ପରିବହନ ମୂଲ୍ୟ ସମ୍ପର୍କିତ ଦାବି ପତ୍ର ଦିଆଯାଇଥିଲା । ମାତ୍ର କମ୍ପାନୀ ଏହାକୁ ମଧ୍ୟ ହେୟଜ୍ଞାନ କରୁଥିବାରୁ ଶୁକ୍ରବାର ସଂଘ ପକ୍ଷରୁ ଖଣିର ପରିବହନ କାର୍ଯ୍ୟ ବନ୍ଦ କରିଦିଆଯାଇଥିବା ସଂଘର ବରିଷ୍ଠ କର୍ମକ ୀ ମହେନ୍ଦ୍ର କୁମାର ମହାନ୍ତି, ପ୍ରଭୁରଂଜନ ଶତପଥୀ ପ୍ରମୁଖ ସୂଚନା ଦେଇଛନ୍ତି । ଏଣେ ଏ ନେଇ କାସ୍‌ଭି ଖଣିର ଅଧିକାରୀ ଅନୁପ ରଥ କହିଛନ୍ତି ଯେ ସମାଧାନ ଶୀଘ୍ର କରାଯିବ, ପରିବହନ ମୂଲ୍ୟନେଇ ଆପଷ ବୁଝାମଣାରେ ନିଷ୍ପତି ନିଆଯିବ ।

## ୮ ସିଫ୍ଟ ଶାଗୁଆନ କାଠ ଜବତ, ଜଣେ ଗିରଫ



କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲାର କିରିବୁର ସେଲ କଲୋନୀରେ ଶୁକ୍ରବାର ସକାଳ ସମୟରେ ବନବିଭାଗର ଏନଫୋର୍ସମେ ସ୍କ୍ୱାର୍ଡ ଅତର୍କିତ ଚଢାଉ କରି ୪୮ ପିସ୍ ଶାଗୁଆନ କାଠ ଜବତ କରିଛି । ଏସିଏଫ୍ ଅଜୟ କୁମାର ସାହୁଙ୍କ ତ ୍ୱାବଧାନରେ ଚମ୍ପୁଆ ରେଞ୍ଜର ଘାସିରାମ ପାତ୍ର,ବଡବିଲ ରେଞ୍ଜର ମାନସ କୁମାର ମୁର୍ମୁ,ମୋବାଇଲ ଫରେଷ୍ଟର ଶଶୀଭୂଷଣ ବାରିକ,ବସନ୍ତ ମୁର୍ମୁଙ୍କ ସମେତ ଅନ୍ୟ ବନ କର୍ମଚାରୀମାନେ କିରିବୁର ସେଲ କଲୋନୀର ଗୌତମ ବାରିକଙ୍କ ଘରେ ଚଢାଉ କରିଥିଲେ । ଚଢାଉବେଳେ ୪୮ ପିସ୍ ଶାଗୁଆନ କାଠ ଜବତ କରାଯାଇଥିଲା, ଯାହାକି ୮ ସିଫ୍ଟ ହେବ ଏବଂ ଏହାର ଆନୁମାନିକ ମୂଲ୍ୟ ୨୫ହଜାର ଟଙ୍କା ହେବ ବୋଲି ଜଣାପଡିଛି ।




# ଓଡ଼ିଶାର ମ   ନାଟକ, ସଙ୍ଗୀତ, ନୃତ୍ୟର ବିକାଶରେ କବିଚନ୍ଦ୍ରଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ

ଭୁବନେଶ୍ୱର (ପିଏନ୍): କବିଚନ୍ଦ୍ର କାଳୀଚରଣ ପଟ୍ଟନାୟକଙ୍କ ଉଦ୍ୟମରୁ ଓଡ଼ିଶୀ ନୃତ୍ୟ ଶାସ୍ତ୍ରୀୟ ମର୍ଯ୍ୟାଦା ପାଇବା ସହ ଓଡ଼ିଶାର ରାସ, ମ   ନାଟକ, ନୃତ୍ୟ ଓ ସଙ୍ଗୀତର ସାମଗ୍ରିକ ବିକାଶ ହେବା ସହ ରାଜ୍ୟର କଳା କ୍ଷେତ୍ରରେ ଉଲ୍ଲେଖନୀୟ ପ୍ରଗତି ସାଧିତ ହୋଇଛି ବୋଲି ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଅନୁଶାସନ ସଚିବ ଲକ୍ଷ୍ମୀଧର ବେହେରାଙ୍କ ସଂଯୋଜନାରେ ଭୁବନେଶ୍ୱର ଉତ୍କଳ ସଙ୍ଗୀତ ମହାବିଦ୍ୟାଳୟ ପରିସରରେ କବିଚନ୍ଦ୍ରଙ୍କ ପ୍ରତିମୂ ର୍ି ସ୍ଥଳୀରେ ଆୟୋଜିତ ୪୪ତମ ଶ୍ରାଦ୍ଧୋତ୍ସବରେ ବିଭିନ୍ନ ବର୍ଗର ବ୍ୟକ୍ତିବିଶେଷ ଯୋଗଦେଇ ତାଙ୍କ ପ୍ରତିମୂ ର୍ିରେ ମାଲ୍ୟାର୍ପଣ ସହ ଦୀପଦାନ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ଅବସରରେ ମତବ୍ୟକ୍ତ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ବିଧାୟକ ପ୍ରଫୁଲ୍ଲ ସାମଲ, ପୂର୍ବତନ ବିଧାୟକ ପ୍ରଭାତ କୁମାର ତ୍ରିପାଠୀ, ବାଙ୍କୀ-ଡମପଡ଼ା ବ୍ଲକ୍ ଅଧକ୍ଷ ପ୍ରଣବ କୁମାର ପଟେଲ, ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟ, ଗାନ୍ଧିବାଦୀ ଅଧାପକ ଉପେନ୍ଦ୍ର ପାଢ଼ୀ, ଯୁବନେତା ରବି ସାମଲ, ବିକାଶ ଗିରି, ସତ୍ୟବ୍ରତ ଜେନା, ଅଧ୍ୟାପକ ରମେଶ ଚନ୍ଦ୍ର ପାତାଳସିଂହ, ଗିରିଜା ମହାପାତ୍ର ପ୍ରମୁଖ ନିଜ ବକ୍ତବ୍ୟରେ ବାଙ୍କୀ ମାଟିର ଯୋଗ୍ୟ ଦାୟାଦ କଳାକୁ ଜୀବନସାଥୀ ଭାବରେ ଗ୍ରହଣ କରି ଅବିବାହିତ ରହି ରାଜ୍ୟର କଳା, ସାହିତ୍ୟ ଓ ସଂସ୍କୃତିର ବିକାଶ ପାଇଁ କାର୍ଯ୍ୟ କରିଥିଲେ ବୋଲି ପ୍ରକାଶ କରିଥିଲେ। ଓଡ଼ିଶାର ମ   ନାଟକର ବିକାଶ ପାଇଁ ନିଜେ ନାଟକ ରଚନା କରିବା ସହ ନିର୍ଦ୍ଦେଶନା ଦେଇ ତାହାକୁ ଓଡ଼ିଶା ଥିଏଟର ମାଧ୍ୟମରେ ପରିବେଷଣ କରିଥିଲେ। ଏହାପରେ ଗଜପତିଙ୍କ ନିମନ୍ତ୍ରଣ ପାଇ ପୁରୀରେ ରାସ ଓ ନାଟକର ବିକାଶ ପାଇଁ କାର୍ଯ୍ୟ କରିଥିଲେ। ଗଜପତି ତାଙ୍କୁ କବିଚନ୍ଦ୍ର ଉପାଧିରେ ସମ୍ମାନିତ କରିଥିଲେ। ଏହାପରେ ଗଜପତିଙ୍କ ଦରବାର ଛାଡ଼ି ପୁରୀ ଓ ସାକ୍ଷୀଗୋପାଳରେ ନୃତ୍ୟଦଳ ଗଠନ କରି ସମଗ୍ର ରାଜ୍ୟରେ ନୃତ୍ୟ ପରିବେଷଣ କରୁଥିଲେ। ଓଡ଼ିଶୀ ନୃତ୍ୟକୁ ଶାସ୍ତ୍ରୀୟ ମାନ୍ୟତା ଦେବାରେ ତାଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ। ଅଗଣିତ ନାଟକ, କାବ୍ୟ, କବିତା ରଚନା କରି ରାଜ୍ୟର ବାଣୀଭଣ୍ଡାରକୁ ସମୃଦ୍ଧ କରିଛନ୍ତି। 'ଭାତ' ନାଟକ ସହ 'ଶ୍ରୀଜୟଦେବ ଓ ଗୀତଗୋବିନ୍ଦ' ତାଙ୍କର ଅମୂଲ୍ୟ କୀ ର୍ି। ତାଙ୍କ ଆଦର୍ଶରେ ଯୁବକଳାକାର ଅନୁପ୍ରାଣିତ ହେଲେ ରାଜ୍ୟର କଳା ସମୃଦ୍ଧ ହୋଇପାରିବ। ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟ ଓ ଉପେନ୍ଦ୍ର ପାଢ଼ିଙ୍କ ଜନ୍ମଦିନ ଅବସରରେ ତାଙ୍କୁ ଜନ୍ମଦିନ ଅଭିନନ୍ଦନ ଜଣାଇ ସମ୍ମାନିତ କରାଯିବା ସହ ବାଙ୍କୀବାସୀଙ୍କ ପକ୍ଷରୁ ଉପସ୍ଥିତ ସମସ୍ତ ବ୍ୟକ୍ତିବିଶେଷଙ୍କୁ ଉ   ରୀୟ ପ୍ରଦାନ କରାଯାଇଥିଲା। ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟଙ୍କ ଲିଖିତ ପୁସ୍ତକ 'ସହଜ ପ୍ରାଣାୟମ ଓ ଯୋଗାସନ' ପୁସ୍ତକ ଉନ୍ମୋଚିତ ହୋଇଥିଲା।

# ମହାକାଳପଡ଼ା ବୃହତ ପାନୀୟ ଜଳ ପ୍ରକଳ୍ପ ସମ୍ପର୍କରେ ସମୀକ୍ଷା ବୈଠକ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡ଼ା ଜିଲ୍ଲାର ମହାକାଳପଡ଼ା ନିର୍ବାଚନମଣ୍ଡଳୀରେ ଚାଲିଥିବା ବୃହତ ପାନୀୟ ଜଳଯୋଗାଣ ପ୍ରକଳ୍ପର ଦୁଇଟି ପଏ   କରାଯାଇଛି। ଗୋଟିଏ ହେଉଛି ଦକ୍ଷିଣ ଜୋନ   ଓ ଅନ୍ୟଟି ହେଉଛି ଉ   ର ଜୋନ। ଦକ୍ଷିଣ ଜୋନଟି ମହାକାଳପଡ଼ା ବ୍ଲକରେ ରହିଥିବାବେଳେ ଉ   ର ଜୋନଟି ମାର୍ଶାଘାଇ ବ୍ଲକରେ ରହିଛି। ଦକ୍ଷିଣ ପଏ   ର କାର୍ଯ୍ୟ ପ୍ରାୟତଃ ଶେଷ ହେବା ଉପରେ। ଆସନ୍ତା ଅଗଷ୍ଟ ମାସ ୧୫ତାରିଖ ସୁଦ୍ଧା ମହାକାଳପଡ଼ା ନିର୍ବାଚନମଣ୍ଡଳୀର ଲୋକମାନଙ୍କୁ ପାନୀୟଜଳ ଯୋଗାଇଦେବା ପାଇଁ ଜିଲ୍ଲାପାଳ ଅମ୍ରିତ ଋତୁରାଜ ନିର୍ମାଣ କାର୍ଯ୍ୟ କରୁଥିବା ସଂସ୍ଥାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି ପ୍ରକଳ୍ପ ସମ୍ପର୍କରେ ଏକ ସମୀକ୍ଷା ବୈଠକରେ ଯୋଗଦେଇ ଜିଲ୍ଲାପାଳ ନିର୍ମାଣକାରୀ ସଂସ୍ଥାକୁ ଏଭଳି ନିର୍ଦ୍ଦେଶ ଦେଇଛନ୍ତି। ଜିଲ୍ଲାପାଳ କହିଥିଲେ ଏହି ପ୍ରକଳ୍ପ ଦ୍ୱାରା ୫୫ ହଜାର ଲୋକଙ୍କ ଘରେ ପାଇପ ଯୋଗେ ପାନୀୟ ଜଳ ପହ ିବ। ଯାହା ଫଳରେ ଲୋକଙ୍କ ପାନୀୟ ଜଳ ସମସ୍ୟା ଦୂର ହୋଇପାରିବ। ଦକ୍ଷିଣ ଜୋନର କାର୍ଯ୍ୟ ତୁରନ୍ତ ସାରି ଲୋକଙ୍କୁ ପାନୀୟ ଜଳ ପ୍ରଦାନ କରିବା ପାଇଁ ଜିଲ୍ଲାପାଳ କହିଥିବା ବେଳେ ଉ   ର ଜୋନକୁ ମଧ ନିର୍ଦ୍ଧାରିତ ସମୟ ମଧ୍ୟରେ ସାରିବା ପାଇଁ ସେ କହିଥିଲେ। ଏହି ସମୀକ୍ଷା ବୈଠକରେ ବିଭାଗୀୟ ଯନ୍ତ୍ରୀ ଓ ଜିଲ୍ଲା ପ୍ରଶାସନର ଅଧିକାରୀମାନେ ଉପସ୍ଥିତ ଥିଲେ। ସୂଚନା ଥାଉକି ଏହି ପ୍ରକଳ୍ପ ହେବା ଦ୍ୱାରା ମହାକାଳପଡ଼ା ବ୍ଲକର ୨୬ଟି ପ   ାୟତ ଓ ମାର୍ଶାଘାଇ ବ୍ଲକର ୧୧ଟି ପ   ାୟତର ଲୋକେ ପାନୀୟ ଜଳ ପାଇପ ଯୋଗେ ପାଇପାରିବେ। ଫଳରେ ଗ୍ରୀଷ୍ମଋତୁରେ ଜଳକଷ୍ଟର ସମ୍ମୁଖୀନ ହେଉଥିବା ଏହି ପ   ାୟତଗୁଡିକର ଲୋକମାନଙ୍କ ପାନୀୟଜଳ ସମସ୍ୟା ରହିବ ନାହିଁ। ଦକ୍ଷିଣ ଜୋନ କାର୍ଯ୍ୟକ୍ଷମ ହେଲେ ମାର୍ଶାଘାଇ ବ୍ଲକର ୩ଟି ପ   ାୟତ ଓ ମହାକାଳପଡ଼ା ବ୍ଲକର ୯ଟି ପ   ାୟତର ଲୋକମାନେ ଉପକୃତ ହୋଇପାରିବେ।

# ସ୍କାଉଟସ୍ ଗାଇଡସ୍‌ର ୧୪୨ତମ ରାଜ୍ୟ କାର୍ଯ୍ୟକାରିଣୀ ବୈଠକ



ଭୁବନେଶ୍ୱର (ପିଏନ୍): ଓଡ଼ିଶା ରାଜ୍ୟ ଭାରତ ସ୍କାଉଟସ୍ ଏବଂ ଗାଇଡସ୍ ସଂସ୍ଥାର ୧୪୨ତମ ରାଜ୍ୟ କାର୍ଯ୍ୟକାରିଣୀ ବୈଠକ ତା୩୦.୦୭.୨୦୨୨ରିଖ ଅପରାହ୍ନ ୩ଘଟିକା ସମୟରେ ଅନଲାଇନ୍ ମାଧ୍ୟମରେ ଆୟୋଜିତ ହୋଇଥିଲା । ରାଜ୍ୟ ମୁଖ୍ୟ କମିଶନର ଡଃ. କାଳି ପ୍ରସାଦ ମିଶ୍ରଙ୍କ ପୌରୋହିତ୍ୟରେ ଆୟୋଜିତ ଉକ୍ତ ବୈଠକରେ ରାଜ୍ୟ ସମ୍ପାଦକ ଶ୍ରୀ ଶରତ ଚନ୍ଦ୍ର ପାଇକରାୟଙ୍କ ସ୍ୱାଗତ ଅଭିଭାଷଣ ପରେ ଓଡିଶାର ବିଭିନ୍ନ ଜିଲ୍ଲାର ଦିବଂଗତ ସ୍କାଉଟ୍ ଗାଇଡ୍‌ର ସଭ୍ୟସଭ୍ୟାମାନଙ୍କର ଆତ୍ମାର ସଦ୍‌ଗତି ନିମନ୍ତେ ଏକ ମିନିଟ୍ ନୀରବ ପ୍ରାର୍ଥନା କରାଯାଇଥିଲା। ବିଗତ ବର୍ଷରେ ରାଜ୍ୟ ସଂସ୍ଥା ଦ୍ୱାରା କରାଯାଇଥିବା ବିଭିନ୍ନ କାର୍ଯ୍ୟକ୍ରମଗୁଡ଼ିକର ସମୀକ୍ଷା କରାଯିବା ସଂଗେ ସଂଗେ ଆଗାମୀ ବର୍ଷରେ ହେବାକୁ ଥିବା କାର୍ଯ୍ୟକ୍ରମ ଗୁଡ଼ିକର ଆଲୋଚନା କରାଯାଇ ସର୍ବସମ୍ମତିକ୍ରମେ ଗୃହୀତ ହୋଇଥିଲା। ଏତଦ୍‌ବ୍ୟତୀତ ବିଗତ ବର୍ଷର ଆୟବ୍ୟୟ ସମୀକ୍ଷା କରାଯାଇ ଆଗାମୀ ବର୍ଷର ଆର୍ଥିକ ଖର୍ଚ୍ଚ ଅଟକଳ କମିଟି ଦ୍ୱାରା ଅନୁମୋଦନ ଲାଭ କରିଥିଲା। ଜାତୀୟ ତଥା ଅନ୍ତର୍ଜାତୀୟ ସଂଗଠନ ଦ୍ୱାରା ଯୁବପୀଢ଼ିମାନଙ୍କ ପାଇଁ ପ୍ରାୟୋଜିତ ବିଭିନ୍ନ କାର୍ଯ୍ୟକ୍ରମ ଯଥା: Sustanable Development Goal, ସ୍ୱଚ୍ଛ ଭାରତ ଅଭିଯାନ, ସର୍ଫ ସ୍ମାର୍ଟ, ଫ୍ରି ବିଙ୍ଗ୍ ମିଂ, ଷ୍ଟପ୍ ଦି ଭାଇଓଲେନ୍ସ୍, ମେସେଞ୍ଜର ଅଫ୍ ପିସ୍ ଏବଂ ବୃକ୍ଷରୋପଣ କାର୍ଯ୍ୟକ୍ରମଗୁଡ଼ିକରେ ରାଜ୍ୟ ବିଶେଷ ସଫଳତା ପାଇଥିବାରୁ କମିଟିରେ ଆନନ୍ଦ ପ୍ରକାଶ ପାଇଥିଲା। ଭବିଷ୍ୟତରେ ଏହାକୁ ଆହୁରି ବ୍ୟାପକ କରିବା ପାଇଁ ରାଜ୍ୟ ମୁଖ୍ୟ କମିଶନର ଡଃ. ମିଶ୍ର ସଭ୍ୟମାନଙ୍କର ସହଯୋଗ କାମନା କରିଥିଲେ। ଏହି ବୈଠକରେ ବିଭିନ୍ନ ଜିଲ୍ଲାର ଜିଲ୍ଲା ଶିକ୍ଷାଧିକାରୀମାନେ ଯୋଗଦେଇଥିଲେ । ପରିଶେଷରେ ରାଜ୍ୟ କମିଶନର (ହେଡକ୍ୱାର୍ଟର) ଶ୍ରୀ ରାଧାକାନ୍ତ ଦାସ ସମସ୍ତ ସଭ୍ୟଙ୍କୁ ଧନ୍ୟବାଦ ଅର୍ପଣ କରିବା ପରେ ସଭା ଭଙ୍ଗ କରାଯାଇଥିଲା।

# କେନ୍ଦୁଝରଗଡ ରେଳଷ୍ଟେସନରୁ ଯୁବତୀ ଉଦ୍ଧାର

କେନ୍ଦୁଝର (ପିଏନ୍): ଗତ ୨୫ ତାରିଖ ରାତିରେ ଭୁବନେଶ୍ୱରରୁ କେନ୍ଦୁଝରଗଡ ଟ୍ରେନ ରେ ଆସିଥିବା ଜଣେ ଯୁବତୀଙ୍କୁ କେନ୍ଦୁଝରଗଡ ରେଳଷ୍ଟେସନରୁ ଉଦ୍ଧାର କରାଯାଇଛି। ରାତ୍ରୀ ୯ଟା ୨୫ରେ ୧୮୪୫୬ ନଂ ଫାଷ୍ଟ ପାସେଂଜର ଟ୍ରେନ କେନ୍ଦୁଝରଗଡ ରେଳଷ୍ଟେସନରେ ପହଁଚିବା ପରେ ରେଲୱେ ପୋଲିସକୁ କିଛି ଯାତ୍ରୀ ଖବର କରିଥିଲେ। ରେଲୱେ ପୋଲିସ ଯୁବତୀଙ୍କୁ ଉଦ୍ଧାର କରି କେନ୍ଦୁଝର ଟାଉନ ପୋଲିସ ସହାୟତାରେ ବଣିଆପାଟ ସ୍ଥିତ ସ୍ୱଧାର ଗୃହରେ ରଖିଛି। ଯୁବତୀ ମାନସିକ ରୋଗରେ ଆକ୍ରାନ୍ତ ଥିବା ଆଶଙ୍କା କରାଯାଉଛି। ଏଣୁ ସେ ତାର ସଠିକ୍ ଠିକଣା କହିପାରୁନାହିଁ। ସେ ହିନ୍ଦିରେ କଥାବା ର୍ା କରୁଛି। ଯୁବତୀଙ୍କ ବୟସ ୨୫ ବର୍ଷ ହେବ ବୋଲି ଅନୁମାନ କରାଯାଉଛି। ତେବେ ଉକ୍ତ ଯୁବତୀ କେଉଁ ସ୍ଥାନରୁ ଆସିଛି ତାହାର ତଦନ୍ତ ପୋଲିସ କରୁଛି।

# ମନରେଗା ଅର୍ଥ ଆତ୍ମସାତ୍ ଘଟଣାରେ ଲୋକାୟୁକ୍ତଙ୍କ ତଦନ୍ତ ନିର୍ଦ୍ଦେଶ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ୍ ଗଙ୍ଗାଧରପୁର ପ   ାୟତ ଇମାମ୍‌ନଗର ଗାଁରେ ମନରେଗା ଅର୍ଥ ଆତ୍ମସାତ ଘଟଣାର ୨ଦିନିଆ ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି ଲୋକାୟୁକ୍ତ। ଆସନ୍ତା ଅଗଷ୍ଟ ୧୬ ଓ ୧୭ତାରିଖରେ ଲୋକାୟୁକ୍ତଙ୍କ ତଦନ୍ତକାରୀ ଟିମ୍ ଧର୍ମଶାଳା ବ୍ଲକ କାର୍ଯ୍ୟାଳୟ ଓ ଘଟଣାସ୍ଥଳରେ ପହ ି ତଦନ୍ତ କରିବ। ଏଥିରେ ଧର୍ମଶାଳା ବିଡ଼ିଓ ଉପସ୍ଥିତ ରହି ସହଯୋଗ କରିବାକୁ ଲୋକାୟୁକ୍ତ ଗତ ୨୮ତାରିଖ ପତ୍ରସଂଖ୍ୟା-ଏଲ୍‌ୱାଇ-୫୮୯୨ରେ ନିର୍ଦ୍ଦେଶ ଦେଇଛନ୍ତି। ତଦନ୍ତ ସମୟରେ ବ୍ଲକ୍‌ର ସହକାରୀ ଯନ୍ତ୍ରୀ, କନିଷ୍ଠ ଯନ୍ତ୍ରୀ, ପିଇଓ ଓ ଜିଆର୍‌ଏସ୍ ସହଯୋଗ କରିବେ। ସେହିପରି ଅଭିଯୋଗ ସ୍ଥାନ ସରକାରୀ ଜମି କିମ୍ବା ବ୍ୟକ୍ତିଗତ ଜମି ଏହାକୁ ମାପଚୁପ କରିବା ପାଇଁ ଏଠାକାର ରାଜସ୍ୱ ନିରୀକ୍ଷକ ଓ ଅମିନ ଉପସ୍ଥିତ ରହିବେ ବୋଲି ଉକ୍ତ ନିର୍ଦ୍ଦେଶନାମାରେ କୁହାଯାଇଛି। ଅଭିଯୋଗକାରୀ ସାରୋଇ ଗ୍ରାମର ସୂଚନା ଅଧିକାର କର୍ମୀ ସର୍ବେଶ୍ୱର ବେହୁରା ଲୋକାୟୁକ୍ତଙ୍କ ଅଦାଲତରେ ପହ ି ନିଜ ପକ୍ଷ ରଖିବା ସହିତ ଅଭିଯୋଗ ସଂପର୍କୀତ କାଗଜପତ୍ର ଦାଖଲ କରିଥିବା ଜଣାପଡ଼ିଛି। ପ୍ରକାଶ ଯେ, ବନ୍ୟାପ୍ଲାବିତ ଇମାମ୍ ନଗର ଗାଁ ରାସ୍ତାର ଉଚ୍ଚତା ବଢ଼ାଇବା ପାଇଁ ମନରେଗା ଯୋଜନାରେ ୫୫୫ ମିଟର ରାସ୍ତା ମରାମତି ପାଇଁ ୨୦୨୦/୨୧ ଆର୍ଥିକ ବର୍ଷରେ ୫ ଲକ୍ଷ ଟଙ୍କା ବ୍ୟୟବରାଦ କରାଯାଇଥିଲା। ମାତ୍ର ଏହି ଗ୍ରାମର ଅକ୍ଷୟ କୁମାର ପାଳଙ୍କ ଘର ନିକଟରୁ ସୁନାକର ରାଉତଙ୍କ ଘର ପର୍ଯ୍ୟନ୍ତ ୨୮୦ ମିଟର ମାଟିରାସ୍ତା ମରାମତିରେ ୨ଲକ୍ଷ ୯୩ହଜାର ୯୧୦ଟଙ୍କା ଖର୍ଚ୍ଚ ହୋଇଥିଲା। ହେଲେ ଦାୟିତ୍ୱରେ ଥିବା ଠିକାଦାର ମାତ୍ର ୬୦ମିଟର ରାସ୍ତାକାମ କରି ୨୮୦ ମିଟର କାମ କରିଛନ୍ତି ବୋଲି କାଗଜପତ୍ର ପ୍ରସ୍ତୁତ କରି ୨ଲକ୍ଷ ୯୩ହଜାର ୯୧୦ଟଙ୍କା ଉଠାଇ ନେଇଥିବା ସୂଚନା ଅଧିକାର ଆଇନ ତଥ୍ୟରୁ ଜଣାପଡ଼ିଥିଲା। ତାହା ପୁଣି ବ୍ୟକ୍ତିଗତ ଜମିରେ ହୋଇଥିବା ଅଭିଯୋଗ ହୋଇଥିଲା। ଏନେଇ ସୂଚନା ଅଧିକାର କର୍ମୀ ଶ୍ରୀ ବେହୁରା ଲୋକାୟୁକ୍ତଙ୍କ ଦ୍ୱାରସ୍ଥ ହୋଇଥିଲେ। ଗତ ଜୁନ୍ ୨୨ତାରିଖରେ ଲୋକାୟୁକ୍ତଙ୍କ ଅଦାଲତରେ ୧୩୪/୨୦୨୨(ବି-୧)ନମ୍ବରରେ ଏକ ମାମଲା ରୁଜୁ ହୋଇଥିଲା। ଏଥିରେ ଧର୍ମଶାଳା ବିଡ଼ିଓ ଅରବିନ୍ଦ ବେହେରା ଓ ତତ୍କାଳୀନ ପିଇଓ ନିର୍ମଳ ଚନ୍ଦ୍ର ପଣ୍ଡାଙ୍କୁ ପକ୍ଷଭୁକ୍ତ କରାଯାଇଥିଲା। ଦାୟିତ୍ୱରେ ଥିବା ଠିକାଦାର ମନରେଗା ନିୟମାନୁସାରେ କାମ ନକରି ବେଆଇନ ଭାବେ ଶ୍ରମିକଙ୍କ ବଦଳରେ ଟ୍ରକ୍ ଓ ମେସିନ୍ ବ୍ୟବହାର କରିଥିଲେ। ସରକାରୀ ଜମି ବଦଳରେ ବ୍ୟକ୍ତିଗତ ଜମିରେ ମନରେଗା ଅର୍ଥ ବିନିଯୋଗ ହୋଇଥିଲା। ଏଭଳି ଏକ ସଙ୍ଗୀନ୍ ଅଭିଯୋଗର ଶୁଣାଣି କରି ଲୋକାୟୁକ୍ତ ତାଙ୍କ ନିଜସ୍ୱ ତଦନ୍ତକାରୀ ଟିମ୍‌କୁ ତଦନ୍ତ କରିବାକୁ ନିର୍ଦ୍ଦେଶ ଦେବା ଘଟଣା ସ୍ଥାନୀୟ ଅଂଚଳରେ ଚର୍ଚ୍ଚାର ବିଷୟ ପାଲଟିଛି।

# ପଦ୍ମଶ୍ରୀ ଅଜୟ ପରିଡାଙ୍କ ଏକାଦଶାହରେ ଶ୍ରଦ୍ଧାଞ୍ଜଳି ସଭା



ଧର୍ମଶାଳା,୩୦।୭(ପିଏନ୍): ଧର୍ମଶାଳା ବ୍ଲକ କୋଟପୁର ପଂଚାୟତ ଭଗବାନପୁର ଗ୍ରାମର ପଦ୍ମଶ୍ରୀ ଡକ୍ଟର ଅଜୟ କୁମାର ପରିଡାଙ୍କ ଏକାଦଶାହ ଉପଲକ୍ଷେ ଏକ ଶ୍ରଦ୍ଧାଞ୍ଜଳି ସଭା ଗତ ଶୁକ୍ରବାର ସନ୍ଧ୍ୟାରେ ଅନୁଷ୍ଠିତ ହୋଇଯାଇଛି । ଶିକ୍ଷାବିତ୍ ବିଭୂତିଭୂଷଣ ପାଳଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଶ୍ରଦ୍ଧାଞ୍ଜଳି ସଭାରେ ମୁଖ୍ୟଅତିଥି ଭାବେ ପୂର୍ବତନ କେନ୍ଦ୍ରମନ୍ତ୍ରୀ ଶ୍ରୀକାନ୍ତ ଜେନା ଯୋଗଦେଇ ସ୍ମରଣୀକା 'ଅପରାଜେୟ ଅଜୟ'କୁ ଉନ୍ମୋଚିତ କରି ତାଙ୍କ ଅପରାଜେୟ କୃତିତ୍ୱ ସଂପର୍କରେ ଆଲୋକପାତ କରିଥିଲେ ସମ୍ମାନିତ ଅତିଥି ଭାବେ ପୂର୍ବତନ ମନ୍ତ୍ରୀ ତଥା ବଡଚଣା ବିଧାୟକ ଅମର ପ୍ରସାଦ ଶତପଥୀ, ଧର୍ମଶାଳା ବିଧାୟକ ପ୍ରଣବ କୁମାର ବଳବନ୍ତରାୟ, ପୂର୍ବତନ ସାଂସଦ ରୀତା ତରାଇ, ବିଜେପି ଜିଲ୍ଲା ସଭାପତି ଗୌତମ ରାୟ ପ୍ରମୁଖ ଯୋଗଦେଇ ସ୍ୱର୍ଗତଃ ପରିଡାଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରି ଧର୍ମଶାଳା ସଂଗ୍ରାମ ମାଟିର ସେ ଅନ୍ୟତମ ବରପୁତ୍ର ଥିଲେ ବୋଲି ଅତିଥି ମାନେ ତାଙ୍କ ବକ୍ତବ୍ୟରେ କହିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ଗଣେଶ୍ୱର ବରାଳ, ଜିଲ୍ଲା ପରିଷଦ ଅରବିନ୍ଦ ସାମଲ, ପୂର୍ବତନ ଜିଲା ପରିଷଦ ସଭ୍ୟ ମମତା ଦଣ୍ଡପାଟ, ପୂର୍ବତନ ଜିଲ୍ଲାପରିଷଦ ସଭ୍ୟ ସାରଦା ମହାନ୍ତି , ପୂର୍ବତନ ସରପଞ୍ଚ ସନ୍ତୋଷ କୁମାର ଜେନା, ବିଜେଡି ଜିଲା ମହାସଚିବ ଡକ୍ଟର ପ୍ରିୟନାଥ ମହାପାତ୍ର, ରାଜ୍ୟ ସମର୍ଥ ସଭାପତି କାହ୍ନୁଚରଣ ଦାଶ, ପ୍ରାଧ୍ୟାପକ ରାଧାଶ୍ୟାମ ସାହୁ, ଡକ୍ଟର ପ୍ରଶାନ୍ତ କୁମାର ସ୍ୱାଇଁ, ବିଜେପି ନେତା ପବିତ୍ର ମୋହନ ଦାଶ, ଅଧିର ଜେନା, ସାମାଜିକ କର୍ମୀ ଦେବବ୍ରତ ରାଉତ, ପାଲାକାର ରଜନୀକାନ୍ତ ପୃଷ୍ଟି, 'ଅପରାଜେୟ ଅଜୟ' ସ୍ମରଣୀକାର ସଂପାଦକ ଅଭିମନ୍ୟୁ ଧଳ, ବିଜେଡି ନେତା ସତୀଶ ବିଶ୍ୱାଳ, ସାମ୍ବାଦିକ ଅଖିଳ କୁମାର ସ୍ୱାଇଁ, ଆଇନଜୀବୀ ଉଦୟନାଥ ସାହୁ, ଜିଲା ମହିଳା ଉପସଭନେତ୍ରୀ ଆରତୀ ଦେଓ, ସୁବୋଧ ସାମଲ, ସମାଜସେବୀ ଗୋଲକ ଚନ୍ଦ୍ର ପଲେଇ, ଅଧାପକ ପବିତ୍ର ମାହାଲା, ନିଶାନିବାରଣ ଅଭିଯାନ ସଭାପତି ବିଶ୍ୱଜିତ ମହାନ୍ତି, ପହଙ୍ଗା ସରପଞ୍ଚ ଗୋଲକ ମଲ୍ଲିକ ପ୍ରମୁଖ ଯୋଗଦେଇ ସ୍ୱର୍ଗତଃ ଅଜୟ ପରିଡାଙ୍କ ସ୍ମୃତିଚାରଣ କରିଥିଲେ। ତାଙ୍କ ସାନଭାଇ ଅମୀୟ କୁମାର ପରିଡା, ଭଉଣୀ ମମତା ପରିଡା ଓ ପରିବାରର ସଦସ୍ୟ ଏହି ଶ୍ରଦ୍ଧାଞ୍ଜଳି ସଭାକୁ ପରିଚାଳନା କରିଥିଲେ।

# ହାଟଡିହି ବ୍ଲକରେ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି

ହାଟଡିହି (ପିଏନ୍): କେନ୍ଦୁଝର ଜିଲ୍ଲା ହାଟଡିହି ବ୍ଲକରେ ଗତ ସୋମବାର ଦିନ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି । ବିଡିଓ ବିଚିତ୍ରାନନ୍ଦ କରଙ୍କ ତ ୍ୱାବଧାନରେ କେନ୍ଦୁଝର ଜିଲ୍ଲାପାଳ ଆଶିଷ ଠାକରେ ଯୋଗଦେଇ ବିଭିନ୍ନ ଅଂଚଳରୁ ଆସିଥିବା ସାଧାରଣ ଲୋକଙ୍କଠାରୁ ୧୩୦ଟି ଅଭିଯୋଗ ଗ୍ରହଣ କରିବା ପରେ ଏହାକୁ କାର୍ଯ୍ୟକାରୀ କରିବା ପାଇଁ ଉପସ୍ଥିତ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦେଇଥିଲେ । ଅଭିଯୋଗ ଶୁଣାଣିରେ ଶାଳଣିଆ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ହାଟଡିହି ସ୍ୱାସ୍ଥ୍ୟକେନ୍ଦ୍ରର ଅବ୍ୟବସ୍ଥା ପ୍ରସଙ୍ଗରେ ଦୀର୍ଘ ସମୟ ଧରି ସ୍ଥାନୀୟ ଅଧିବାସୀ ଜିଲ୍ଲାପାଳଙ୍କ ସହ ଆଲୋଚନା କରିଥିଲେ । ଦୀର୍ଘଦିନ ଧରି ଡାକ୍ତର ପଦବୀ ଖାଲି ପଡିଥିବାରୁ ସମଗ୍ର ହାଟଡିହି ବ୍ଲକ ଅଂଚଳରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟୟ ହୋଇ ପଡିଛି । ସେହିପରି ହାଟଡିହି ବ୍ଲକର ବିଭିନ୍ନ ବିଦ୍ୟାଳୟରେ ଶିକ୍ଷକ ଅଭାବର ସମସ୍ୟା ଲାଗି ରହିଥିବାରୁ ଶିକ୍ଷାଦାନରେ ଅଚଳ ଅବସ୍ଥା ସୃଷ୍ଟି ହୋଇଥିବା ଅଭିଯୋଗ ହୋଇଛି । ଏହି ଅବସରରେ ଜିଲ୍ଲାପାଳ ଶ୍ରୀଯୁକ୍ତ ଠାକରେ କେତେକ ଦିବ୍ୟାଙ୍ଗ ମାନଙ୍କୁ ତିନିଚକିଆ ଟ୍ରାୟ ସାଇକେଲ ବିତରଣ କରିଥିଲେ। ଏହି ଅଭିଯୋଗ ଶୁଣାଣିରେ କେନ୍ଦୁଝର ଏସ୍‌ପି ମିତ୍ରଭାନୁ ମହାପାତ୍ର, ଅତିରିକ୍ତ ଜିଲ୍ଲାପାଳ ସୁଷମା ବିଲୁଂ, ଆନନ୍ଦପୁର ଉପଜିଲ୍ଲାପାଳ ଅନିଲ କୁମାର ସେଠୀ, ତହସିଲଦାର ଦିଲ୍ଲୀପ କୁମାର ସାହୁ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଜଗନ୍ନାଥ ମୋଦି ପ୍ରମୁଖଙ୍କ ସହ ବିଭିନ୍ନ ବିଭାଗର ଅଧିକାରୀ ମାନେ ଯୋଗ ଦେଇଥିଲେ।

# ଯୁବମାରଣ ନୀତି ବିରୋଧରେ ଯୁବ କଂଗ୍ରେସର ଯୁବ ସମ୍ପର୍କ ପଦଯାତ୍ରା




ଭୁବନେଶ୍ୱର (ପିଏନ୍): ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ପକ୍ଷରୁ ରାଜ୍ୟ ସଭାପତି ଡ଼ଃ ସ୍ମୃତିରଂଜନ ଲେଙ୍କାଙ୍କ ନେତୃତ୍ୱରେ ୨୯ ତାରିଖ ଶୁକ୍ରବାର ମାଲକାନଗିରିଠାରୁ ଆରମ୍ଭ ହୋଇଛି ରାଜ୍ୟବ୍ୟାପୀ ଯୁବ ସମ୍ପର୍କ ପଦଯାତ୍ରା। ଶନିବାର ଏହି ପଦଯାତ୍ରା କୋରାପୁଟର ଜୟପୁରଠାରେ ପହଂଚିଛି। ଦେଶ ସ୍ୱାଧୀନତାର ୭୫ତମ ବର୍ଷ ପୂର୍ତ୍ତି ଅବସରରେ ଦେଶର ତଥା ରାଜ୍ୟର ଯୁବପିଢ଼ୀମାନଙ୍କୁ ଉଭୟ କେନ୍ଦ୍ର ବିଜେପି ଓ ରାଜ୍ୟ ବିଜେଡି ସରକାରର ଯୁବମାରଣ ନୀତି ବିରୋଧରେ ସଚେତନ କରିବା ଲକ୍ଷ୍ୟରେ ଆରମ୍ଭ ହୋଇଛି ଏହି ପଦଯାତ୍ରା। ରାଜ୍ୟର ସମସ୍ତ ଜିଲ୍ଲାକୁ ଯାତ୍ରା କରି ଯୁବ ପିଢ଼ୀମାନଙ୍କୁ ସଚେତନ କରିବା ସହ କଂଗ୍ରେସ ଦଳର ବିଚାରଧାରାକୁ ଯୁବପିଢ଼ୀଙ୍କ ନିକଟରେ ପହଂଚାଇବା ପାଇଁ 'ୟୁଥ୍ ଯୋଡୋ, ବୁଥ୍ ଯୋଡୋ' କାର୍ଯ୍ୟକ୍ରମକୁ ମଧ ହାତକୁ ନିଆଯାଇଛି। କେନ୍ଦ୍ର ସରକାରଙ୍କ ଅଗ୍ନିପଥ ଯୋଜନା କିଭଳି ଯୁବପିଢ଼ୀଙ୍କ ଭବିଷ୍ୟତ ନଷ୍ଟ କରିବା ସହ ଦେଶର ସୁରକ୍ଷା ପ୍ରତି ବିପଦ ସୃଷ୍ଟି କରିବ, ସେ ସମ୍ପର୍କରେ ଜନଜାଗରଣ ମଧ ରାଜ୍ୟବ୍ୟାପୀ କରାଯିବ ବୋଲି ଓଡିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡଃ ସ୍ମୃତିରଂଜନ ଲେଙ୍କା ପ୍ରକାଶ କରିଛନ୍ତି। ଉଭୟ କେନ୍ଦ୍ର ବିଜେପି ଓ ରାଜ୍ୟ ବିଜେଡି ସରକାର ଯୁବପିଢ଼ିମାନଙ୍କୁ ପ୍ରତାରିତ କରିଛି। ରାଜ୍ୟରେ ୨୨ ବର୍ଷର ବିଜୁ ଜନତା ଦଳର ସରକାର ସମୟରେ ଶିକ୍ଷିତ ଯୁବକଯୁବତୀମାନଙ୍କୁ ସ୍ଥାୟୀ ନିଯୁକ୍ତି ନଦେଇ ଚୁକ୍ତିଭିତିକ ନିଯୁକ୍ତି ଦେଇ ଠିକା ଶ୍ରମିକ ଭାବେ ନିୟୋଜିତ କରୁଛି। ଏ ସବୁକୁ ଦୃଢ଼ ଭାବେ ନିନ୍ଦା କରିବା ସହ ତୁରନ୍ତ ଚୁକ୍ତିଭିତିକ ନିଯୁକ୍ତି ପ୍ରତ୍ୟାହାର କରିବାକୁ ଦୃଢ଼ ଦାବି ଜଣାଇଛି ଯୁବ କଂଗ୍ରେସ। ଏହାବ୍ୟତୀତ ରାଜ୍ୟରେ ସରକାରୀ ନିଯୁକ୍ତି ବୟସ ସୀମା ୩୨ ବର୍ଷରୁ ୪୨ ବର୍ଷକୁ ବୃଦ୍ଧି କରି ସମ୍ପୂର୍ଣ୍ଣଭାବେ ଏହାକୁ କାର୍ଯ୍ୟକାରୀ କରିବାକୁ ଯୁବ କଂଗ୍ରେସ ଦାବି କରିଛି। ରାଜ୍ୟ କଂଗ୍ରେସ ପୁଣି ଥରେ ନିଜର ସତାକୁ ଫେରିବା ଲକ୍ଷ୍ୟ ରଖି ଆରମ୍ଭ କରିଥିବା ମିଶନ ୯ରୁ ୯୦କୁ ସଫଳ କରିବା ପାଇଁ ଯୁବ କଂଗ୍ରେସ ଏହି ମିଶନ୍‌ର ସାରଥି ହେବ ବୋଲି ଡଃ ଲେଙ୍କା ପ୍ରକାଶ କରିଛନ୍ତି। ରାଜ୍ୟରେ ବିଜେଡିର ଏକଛତ୍ରବାଦ ଶାସନର ଅନ୍ତ କରିବା ପାଇଁ ଯୁବପିଢ଼ୀମାନଙ୍କୁ ଏବେଠାରୁ ସଜାଗ କରୁଛି ଯୁବ କଂଗ୍ରେସ। ଯୁବ କଂଗ୍ରେସ ପକ୍ଷରୁ ଏକ ବିରାଟ ପରିବର୍ତନ ଲକ୍ଷ୍ୟରେ ହୋଇଥିବା ଏହି ପଦଯାତ୍ରାରେ ଅଖିଳ ଭାରତୀୟ ଯୁବ କଂଗ୍ରେସର ରାଷ୍ଟ୍ରୀୟ ସମ୍ପାଦକ ତଥା ରାଜ୍ୟ ଯୁବ କଂଗ୍ରେସ ପ୍ରଭାରୀ ଶେଷ ନାରାୟଣ ଓଝା, ସହ ପ୍ରଭାରୀ ଅଭିନବ ସିଦ୍ଧାର୍ଥ ଭଗତଙ୍କ ସହ କୋରାପୁଟ ଜିଲ୍ଲା ଯୁବ କଂଗ୍ରେସ ସଭାପତି ସୁକାନ୍ତ ପଟ୍ଟନାୟକ, ରାଜ୍ୟ ସାଧାରଣ ସମ୍ପାଦକ ତ୍ରିଲୋଚନ ପାଣିଗ୍ରାହୀ, ଜ୍ଞାନରଂଜନ ରାଉତ, ସମ୍ପାଦକ ବିଶ୍ୱଜିତ ଲେଙ୍କା, ରମେଶ ଖରା ଓ ରାଉରକେଲା ଜିଲ୍ଲା ଯୁବ କଂଗ୍ରେସ ସଭାପତି ଜ୍ଞାନେନ୍ଦ୍ର ଦାସ ପ୍ରମୁଖ ଯୋଗ ଦେଇଥିଲେ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS/ASTROLOGERS/VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Phagun Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତ୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ୱାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ୍ୟ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠିରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ୍ୟ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# କଂଗ୍ରେସ ଦଳ ଭାରତୀୟ ସଂସ୍କୃତି, ପରମ୍ପରା, ସଭ୍ୟତା ବିରୋଧୀ: ଯୁବଚେତନା

ଭୁବନେଶ୍ୱର,(ପି.ଏନ): କଂଗ୍ରେସ ଦଳ ଭାରତୀୟ ସଂସ୍କୃତି, ପରମ୍ପରା ଓ ସଭ୍ୟତା ବିରୋଧି ବୋଲି ଯୁବଚେତନାର ରାଷ୍ଟ୍ରିୟ ସଂଯୋଜକ ରୋହିତ କୁମାର ସିଂ କହିଛନ୍ତି । ଗୁରୁବାର ଭୁବନେଶ୍ୱର ଗସ୍ତ ଅବସରରେ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ଶ୍ରୀସିଂ କହିଛନ୍ତି ଯେ ୫୦ ବର୍ଷରୁ ଉର୍ଦ୍ଧ୍ୱ ସମୟ ଧରି ଭାରତର ଶାସନ କ୍ଷମତାରେ ଥିବା କଂଗ୍ରେସ ଦଳ ଦେଶର ବିକାଶ ଯେଭଳି ଢ଼ଙ୍ଗରେ ହେବା କଥା ସେଭଳି କରିବାରେ ବିଫଳ ହୋଇଛି । ଜନତାଙ୍କ ମଧ୍ୟରେ ବିଭେଦ ସୃଷ୍ଟିକରି ରାଜନୀତି କରିବା କଂଗ୍ରେସର ମୁଖ୍ୟ ନୀତି । ଧର୍ମ, ଜାତି ଆଧାରରେ ଲୋକଙ୍କ ମଧ୍ୟରେ ବିଭେଦ



ସୃଷ୍ଟିକରିବାକୁ କଂଗ୍ରେସ ନେତା ରାହୁଲ ଗାନ୍ଧୀ ଚାହୁଁଛନ୍ତି । କିନ୍ତୁ ଦେଶବାସୀ ସଜାଗ ଥିବାରୁ ଏହାର ବିଶେଷ ପ୍ରଭାବ ପଡ଼ିବ ନାହିଁ । ବିଶ୍ୱସ୍ତରରେ ଭାରତର ପ୍ରଭାବ କାରଣରୁ ସମସ୍ତ ଦେଶ ଆମ ଆଡ଼କୁ ମୁହାଁଉଛନ୍ତି । ବିଶ୍ୱରେ ଭାରତର ଭାବମୂର୍ତ୍ତୀ ସୃଷ୍ଟି କରିବାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଭୂମିକା ପ୍ରଶଂସନୀୟ । ଦେଶର ବିକାଶ ତଥା ଆର୍ଥିକ ଅଭିବୃଦ୍ଧି ଲାଗି ସମସ୍ତଙ୍କୁ ପ୍ରଚେଷ୍ଟା କରିବାକୁ ପଡ଼ିବ । ଏଥିପାଇଁ ଯୁବସମାଜ ଆଗେଇ ଆସିବା ଆବଶ୍ୟକ ବୋଲି ଶ୍ରୀସିଂ କହିଛନ୍ତି । ସନାତନ ମୂଲ୍ୟବୋଧକୁ ବିରୋଧ କରିବା କଂଗ୍ରେସର ଲକ୍ଷ୍ୟ ରହିଛି । ଦେଶରେ ସାମାଜିକ ନ୍ୟାୟ ବ୍ୟବସ୍ଥାକ ସୁଦୃଢ଼କରିବା ନିମନ୍ତେ ଯୁବଚେତନା ସଂଗଠନ କାମକରୁଛି । ଦେଶରବିକାଶରେ ପ୍ରତ୍ୟେକ ବର୍ଗଙ୍କୁ ସାମିଲକରିବା ବିଶେଷକରି ସମାଜର ମୁଖ୍ୟସ୍ରୋତରେ ଚାଷୀ ଓ ଶ୍ରମିକଙ୍କ ସନ୍ତାନଙ୍କୁ ଯୋଡ଼ିବା ଯୁବଚେତନାର ମୂଳଲକ୍ଷ୍ୟ ରହିଛି ବୋଲି ଶ୍ରୀସିଂ କହିଛନ୍ତି।

# ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନଓ୍ୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନଓ୍ୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନଓ୍ୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଳା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରାଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧ୍ୟାପକ, ଅଧ୍ୟାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟାପକ ଓ ଅଧ୍ୟାପିକାମାନଙ୍କ ଅଭିଯୋଗ ଆଧାରରେ ଅଧ୍ୟକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧ୍ୟକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧ୍ୟାପକ, ଅଧ୍ୟାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧ୍ୟାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧ୍ୟାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/ ୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧ୍ୟକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧ୍ୟାପକ, ଅଧ୍ୟାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧ୍ୟାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣ ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧ୍ୟକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧ୍ୟାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧ୍ୟକ୍ଷ ଓ ଅଧ୍ୟାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ ।


MAHARISHI PUBLIC SCHOOL

2024-2025



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

